

# ଯୀଶୁ ଖ୍ରୀଷ୍ଟଙ୍କ ଆଶ୍ଚର୍ଯ୍ୟପୂର୍ଣ୍ଣ ଜୀବନ

# ଆମର ମେଷପାଳକ କିଏ ?

ଅନେକ ବର୍ଷ ପୂର୍ବେ, ଯୀଶୁ ଖ୍ରୀଷ୍ଟ ଏ ଜଗତରେ ଜନ୍ମଗ୍ରହଣ କରିଥିଲେ ଓ ଏହିଠାରେ ମଧ୍ୟ ମୃତ୍ୟୁବରଣ କରିଥିଲେ। ସେ କେବଳ ଜଣେ ଚମତ୍କୃତ ବ୍ୟକ୍ତି ନ ଥିଲେ, ମାତ୍ର ଶାସ୍ତ୍ର ଅନୁଯାୟୀ, ସେ ସୃଷ୍ଟିକର୍ତ୍ତା ଈଶ୍ୱର ଥିଲେ, ଆଉ ସେ ଜଗତକୁ ଏକ ମନୁଷ୍ୟ ରୂପରେ ଆସିଲେ, ଯେପରି ମୃତ୍ୟୁ ଓ ଶୟତାନ ଓ ପାପର ଶକ୍ତିରୁ ପାପୀ-ମାନବଜାତିକୁ ରକ୍ଷା କରିବା ନିମନ୍ତେ ତାଙ୍କର ଜୀବନ ଦାୟକ ରକ୍ତ ପ୍ରଦାନ କରିପାରିବେ । ସେ ଆଜି ମଧ୍ୟ ଜୀବିତ, ଆଉ ଯେ ତାଙ୍କ ନିକଟକୁ ଆସେ, ସେ ତାକୁ ଅନନ୍ତ ଜୀବନ ପ୍ରଦାନ କରନ୍ତି ।

ଯୀଶୁ ଖ୍ରୀଷ୍ଟଙ୍କୁ ଗ୍ରହଣ କରିବା ବା ପ୍ରତ୍ୟାଖାନ କରିବା ହେଉଛି ଏକ ଜୀବନ ଓ ମରଣର ବିଷୟ । ''ଯେ ପୁତ୍ରଙ୍କୁ ପାଇଅଛି, ସେ ଜୀବନ ପାଇଅଛି, ଯେ ଈଶ୍ୱରଙ୍କ ପୁତ୍ରଙ୍କୁ ପାଇ ନାହିଁ, ସେ ଜୀବନ ହିଁ ପାଇ ନାହିଁ'' (୧ ଯୋହନ ୫:୧୨) । ''ତାହାଙ୍କ ଛଡ଼ା ଆଉ କାହାରିଠାରେ ପରିତ୍ରାଣ ନାହିଁ, କାରଣ ଯାହା ଦ୍ୱାରା ଆମ୍ଭମାନଙ୍କୁ ପରିତ୍ରାଣ ପାଇବାକୁ ହେବ, ଆକାଶ ତଳେ ମନୁଷ୍ୟମାନଙ୍କ ମଧ୍ୟରେ ଆଉ କୌଣସି ନାମ ଦିଆଯାଇ ନାହିଁ'' (ପ୍ରେରିତ ୪:୧୨)।

ଯୀଶୁ ଖ୍ରୀଷ୍ଟଙ୍କର ଏହି ଆଶ୍ଚର୍ଯ୍ୟଜନକ ଜୀବନ ବିଷୟ ଅଧ୍ୟୟନ କଲାବେଳେ ଈଶ୍ୱର ପ୍ରକୃତରେ ଆପଣଙ୍କ ନିକଟରେ ପ୍ରକାଶିତ ହୁଅନ୍ତୁ ! ''ଆଉ, ଏକମାତ୍ର ସତ୍ୟ ଈଶ୍ୱର ଯେ ତୁମ୍ଭେ, ତୁମ୍ଭକୁ ଓ ତୁମ୍ଭର ପ୍ରେରିତ ଯୀଶୁ ଖ୍ରୀଷ୍ଟଙ୍କୁ ଜାଣିବା ଅନନ୍ତ ଜୀବନ ଅଟେ'' (ଯୋହନ ୧୭:୩) । ଆପଣ କ'ଣ ନିଜର ହୃଦୟରେ ଯୀଶୁଙ୍କୁ ଆପଣଙ୍କ ବ୍ୟକ୍ତିଗତ ତ୍ରାଣକର୍ତ୍ତା ଓ ପ୍ରଭୁ ରୂପେ ଗ୍ରହଣ କରିଛନ୍ତି ? ଯଦି କରି ନାହାଁନ୍ତି, ତେବେ ଆଜି ତାହା କରନ୍ତୁ ।

---

All scriptures are taken from the Odia Bible with permission from the Bible Society of India.

# ଯୀଶୁ ଆପଣା ଜନ୍ମ ପୂର୍ବରୁ ବିଦ୍ୟମାନ ଥିଲେ



ଆଦ୍ୟରେ ବାକ୍ୟ ଥିଲେ, ବାକ୍ୟ ଈଶ୍ୱରଙ୍କ ସଙ୍ଗରେ ଥିଲେ, ସେହି ବାକ୍ୟ ଈଶ୍ୱର ଥିଲେ । ସେ ଆଦ୍ୟରେ ଈଶ୍ୱରଙ୍କ ସହିତ ଥିଲେ । ତାହାଙ୍କ ଦ୍ୱାରା ସମସ୍ତ ସୃଷ୍ଟ ହେଲା, ଆଉ ଯେସମସ୍ତ ସୃଷ୍ଟ ହୋଇଅଛି, ସେଥିମଧ୍ୟରୁ ଗୋଟିଏ ସୁଦ୍ଧା ତାହାଙ୍କ ବିନା ସୃଷ୍ଟ ହୋଇ ନାହିଁ । ଆଉ, ସେହି ବାକ୍ୟ ଦେହବନ୍ତ ହେଲେ, ପୁଣି ଅନୁଗ୍ରହ ଓ ସତ୍ୟରେ ପରିପୂର୍ଣ୍ଣ ହୋଇ ଆମ୍ଭମାନଙ୍କ ମଧ୍ୟରେ ବାସ କଲେ, ଆଉ ପିତାଙ୍କଠାରୁ ଆଗତ ଅଦ୍ୱିତୀୟ ପୁତ୍ରଙ୍କ ମହିମା ସଦୃଶ ଆମ୍ଭେମାନେ ତାହାଙ୍କ ମହିମା ଦେଖିଲୁ ।

–ଯୋହନ ୧:୧–୩, ୧୪

କାରଣ ଦୃଶ୍ୟ ଓ ଅଦୃଶ୍ୟ, ସ୍ୱର୍ଗରେ ଓ ପୃଥିବୀରେ ସମସ୍ତ ବିଷୟ ତାହାଙ୍କ ଦ୍ୱାରା ସୃଷ୍ଟ ହେଲା, ସିଂହାସନ କି ପ୍ରଭୁତ୍ୱ କି ଆଧିପତ୍ୟ କି କର୍ତ୍ତାପଣ, ସମସ୍ତ ତାହାଙ୍କ ଦ୍ୱାରା ଓ ତାହାଙ୍କ ନିମନ୍ତେ ସୃଷ୍ଟ ହୋଇଅଛି, ସମସ୍ତ ବିଷୟ ସୃଷ୍ଟ ହେବା ପୂର୍ବରୁ ସେ ଅଛନ୍ତି ଓ ତାହାଙ୍କଠାରେ ସମସ୍ତ ବିଷୟର ଅସ୍ତିତ୍ୱ ଅଛି ।

– କଲସୀୟ ୧:୧୬–୧୭

ଈଶ୍ୱର ପୁରାକାଳରେ ବିଭିନ୍ନ ପ୍ରକାରେ ଭାବବାଦୀମାନଙ୍କ ଦ୍ୱାରା ପିତୃପୁରୁଷମାନଙ୍କୁ କଥା କହି ଏହି ଶେଷକାଳରେ ପୁତ୍ରଙ୍କ ଦ୍ୱାରା ଆମ୍ଭମାନଙ୍କୁ କଥା କହିଅଛନ୍ତି, ତାହାଙ୍କୁ ସେ ସମସ୍ତ ବିଷୟର ଅଧିକାରୀ କରି ନିଯୁକ୍ତ କଲେ, ତାହାଙ୍କ ଦ୍ୱାରା ମଧ୍ୟ ସମସ୍ତ ବିଶ୍ୱ ସୃଷ୍ଟି କଲେ । –ଏବ୍ରୀ ୧:୧–୨

ଯୀଶୁ ସେମାନଙ୍କୁ କହିଲେ, ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଅବ୍ରହାମଙ୍କ ଜନ୍ମ ପୂର୍ବରୁ ମୁଁ ଅଛି ।–ଯୋହନ ୮:୫୮

ଅନ୍ୟ ପକ୍ଷରେ ସେ ପୁତ୍ରଙ୍କ ବିଷୟରେ କହନ୍ତି, ‘‘ହେ ଈଶ୍ୱର, ତୁମ୍ଭର ସିଂହାସନ ଅନନ୍ତକାଳସ୍ଥାୟୀ, ପୁଣି ନ୍ୟାୟର ଦଣ୍ଡ ତୁମ୍ଭର ରାଜଦଣ୍ଡ ଅଟେ ।’’ ଆହୁରି, ‘‘ହେ ପ୍ରଭୁ, ତୁମ୍ଭେ ଆରମ୍ଭରେ ପୃଥିବୀର ଭିତ୍ତିମୂଳ ସ୍ଥାପନ କରିଅଛ, ପୁଣି ଆକାଶମଣ୍ଡଳ ତୁମ୍ଭ ହସ୍ତକୃତ କର୍ମ ।’’ –ଏବ୍ରୀ ୧:୮, ୧୦

ଏହେତୁ ପ୍ରଭୁ ଆପେ ତୁମ୍ଭମାନଙ୍କୁ ଏକ ଚିହ୍ନ ଦେବେ, ଦେଖ, ଏକ କନ୍ୟା ଗର୍ଭବତୀ ହୋଇ ଏକ ପୁତ୍ର ପ୍ରସବ କରିବ ଓ ତାହାର ନାମ ଇମ୍ମାନୁୟେଲ (ଆମ୍ଭମାନଙ୍କ ସହିତ ପରମେଶ୍ୱର) ରଖିବ ।

–ଯିଶାଇୟ ୭:୧୪

ମାତ୍ର ହେ ବୈଥ୍‌ଲେହମ୍-ଉଫ୍ରାଥା, ଯିହୁଦାର ସହସ୍ରଗଣର ମଧ୍ୟରେ କ୍ଷୁଦ୍ର ଯେ ତୁମ୍ଭେ, ତୁମ୍ଭ ମଧ୍ୟରୁ ଇସ୍ରାଏଲର ଶାସନକର୍ତ୍ତା ହେବା ନିମନ୍ତେ ଆମ୍ଭ ଉଦ୍ଦେଶ୍ୟରେ ଏକ ବ୍ୟକ୍ତି ଉତ୍ପନ୍ନ ହେବେ, ପୁରାତନ କାଳରୁ, ଅନାଦି କାଳରୁ ତାହାଙ୍କର ଉତ୍ପତ୍ତି ।

– ମୀଖା ୫:୨

କାରଣ ଆମ୍ଭମାନଙ୍କ ନିମନ୍ତେ ଏକ ବାଳକ ଜନ୍ମିଅଛନ୍ତି, ଆମ୍ଭମାନଙ୍କୁ ଏକ ପୁତ୍ର ଦତ୍ତ ହୋଇଅଛନ୍ତି ଓ ତାହାଙ୍କ ସ୍କନ୍ଧରେ କର୍ତ୍ତୃତ୍ୱଭାର ଥୁଆଯିବ, ପୁଣି, ତାହାଙ୍କର ନାମ ଆଶ୍ଚର୍ଯ୍ୟ, ମନ୍ତ୍ରୀ, ପରାକ୍ରାନ୍ତ ପରମେଶ୍ୱର, ଅନନ୍ତକାଳୀନ ପିତା, ଶାନ୍ତି ରାଜା ହେବ । ତାହାଙ୍କ କର୍ତ୍ତୃତ୍ୱବୃଦ୍ଧି ଓ ଶାନ୍ତିର ସୀମା ରହିବ ନାହିଁ, ସେ ଦାଉଦଙ୍କର ସିଂହାସନରେ ଓ ତାହାଙ୍କର ରାଜ୍ୟରେ ଉପବିଷ୍ଟ ହୋଇ ନ୍ୟାୟବିଚାର ଓ ଧାର୍ମିକତାରେ ଏ କ୍ଷଣଠାରୁ ଅନନ୍ତକାଳ ପର୍ଯ୍ୟନ୍ତ ତାହା ସୁସ୍ଥିର ଓ ସୁଦୃଢ଼ କରିବେ । ସୈନ୍ୟାଧିପତି ସଦାପ୍ରଭୁଙ୍କ ଉଦ୍‌ଯୋଗ ଏହା ସାଧନ କରିବ ।

–ଯିଶାଇୟ ୯:୬-୭

ସେ ଅବଜ୍ଞାତ ଓ ମନୁଷ୍ୟର ତ୍ୟକ୍ତ, ଦୁଃଖୀ ଲୋକ ଓ ଶୋକ ପରିଚିତ, ପୁଣି ମନୁଷ୍ୟମାନେ ଯାହାଠାରୁ ମୁଖ ଆଚ୍ଛାଦନ କରନ୍ତି, ଏପରି ଲୋକ ତୁଲ୍ୟ ସେ ଅବଜ୍ଞାତ ହେଲେ, ଆଉ ଆମ୍ଭେମାନେ ତାହାଙ୍କୁ ମାନ୍ୟ କଲୁ ନାହିଁ । ନିଶ୍ଚୟ ସେ ଆମ୍ଭମାନଙ୍କର ଯାତନାସବୁ ଧାରଣ କରିଅଛନ୍ତି ଓ ଆମ୍ଭମାନଙ୍କର ବ୍ୟଥାସବୁ ବହିଅଛନ୍ତି । ତଥାପି ଆମ୍ଭେମାନେ ତାହାଙ୍କୁ ଆହତ ଓ ପରମେଶ୍ୱରଙ୍କ ଦ୍ୱାରା ପ୍ରହାରିତ ଓ ଦୁଃଖଗ୍ରସ୍ତ ବୋଲି ମଣିଲୁ । ମାତ୍ର ସେ ଆମ୍ଭମାନଙ୍କ ଅଧର୍ମ ନିମନ୍ତେ କ୍ଷତବିକ୍ଷତ ହେଲେ ଓ ଆମ୍ଭମାନଙ୍କର ଅପରାଧ ନିମନ୍ତେ ଚୂର୍ଣ୍ଣ ହେଲେ, ଆମ୍ଭମାନଙ୍କର ଶାନ୍ତିଜନକ ଶାସ୍ତି ତାହାଙ୍କ ଉପରେ ବର୍ତ୍ତିଲା ଓ ତାହାଙ୍କ ପ୍ରହାରରେ ଆମ୍ଭେମାନେ ସୁସ୍ଥ ହେଲୁ ।  –ଯିଶାଇୟ ୫୩:୩-୫

ଖ୍ରୀଷ୍ଟ ଯୀଶୁଙ୍କର ଯେପରି ମନ ଥିଲା, ତୁମ୍ଭମାନଙ୍କର ସେହିପରି ମନ ହେଉ, ସେ ଈଶ୍ୱରରୂପୀ ହେଲେ ହେଁ ଈଶ୍ୱରଙ୍କ ସହିତ ସମାନ ହୋଇ ରହିବା ନିଜ ନିମନ୍ତେ ଧରି ରଖିବାର ବିଷୟ ମନେ କଲେ ନାହିଁ, କିନ୍ତୁ ମନୁଷ୍ୟ ସଦୃଶ ହୋଇ ଦାସରୂପ ଧାରଣ କରି ଆପଣାକୁ ଶୂନ୍ୟ କଲେ, ପୁଣି, ମନୁଷ୍ୟ ଭାବରେ ଦେଖାଯାଇ ମୃତ୍ୟୁ ପର୍ଯ୍ୟନ୍ତ ହଁ, କ୍ରୁଶୀୟ ମୃତ୍ୟୁ ପର୍ଯ୍ୟନ୍ତ ଆଜ୍ଞାବହ ହୋଇ ଆପଣାକୁ ଅବନତ କଲେ ।

–ଫିଲିପ୍ପୀୟ ୨:୫–୮

ଯୀଶୁ ସେମାନଙ୍କୁ କହିଲେ, ଈଶ୍ୱର ଯଦି ତୁମ୍ଭମାନଙ୍କର ପିତା ହୋଇଥାଆନ୍ତେ, ତାହାହେଲେ ତୁମ୍ଭେମାନେ ମୋତେ ପ୍ରେମ କରନ୍ତ, କାରଣ ମୁଁ ଈଶ୍ୱରଙ୍କଠାରୁ ଆସିଅଛି, ମୁଁ ନିଜଠାରୁ ଆସି ନାହିଁ, କିନ୍ତୁ ସେ ମୋତେ ପ୍ରେରଣ କଲେ ।

–ଯୋହନ ୮:୪୨

ପ୍ରଥମ ମନୁଷ୍ୟ ପାର୍ଥିବ, ମୃତ୍ତିକାରେ ନିର୍ମିତ, ଦ୍ୱିତୀୟ ମନୁଷ୍ୟ ସ୍ୱର୍ଗରୁ ଆଗତ । –୧ କରିନ୍ଥୀୟ ୧୫:୪୭

ସେଥିପାଇଁ ଖ୍ରୀଷ୍ଟ ଜଗତକୁ ଆଗମନ କରି କହନ୍ତି, ବଳିଦାନ ଓ ନୈବେଦ୍ୟ ନ ଲୋଡ଼ି ମୋ' ନିମନ୍ତେ ଏକ ଶରୀର ପ୍ରସ୍ତୁତ କଲ । –ଏବ୍ରୀ ୧୦:୫

ଅତଏବ, ସନ୍ତାନମାନେ ରକ୍ତମାଂସର ସହଭାଗୀ ହୋଇଥିବାରୁ ସେ ମଧ୍ୟ ନିଜେ ସେହିପରି ସେଥିର ସହଭାଗୀ ହେଲେ, ଯେପରି ମୃତ୍ୟୁ ଦ୍ୱାରା ମୃତ୍ୟୁର ଅଧିକାରୀକୁ, ଅର୍ଥାତ୍ ଶୟତାନକୁ ବିନାଶ କରନ୍ତି । ପୁଣି ମୃତ୍ୟୁର ଭୟରେ ଯେଉଁମାନେ ଯାବଜ୍ଜୀବନ ଦାସତ୍ୱର ବନ୍ଧନରେ ଥିଲେ, ସେମାନଙ୍କୁ ସେ ଉଦ୍ଧାର କରନ୍ତି ।

–ଏବ୍ରୀ ୨:୧୪,୧୫

କାରଣ ମନୁଷ୍ୟପୁତ୍ର ମଧ୍ୟ ସେବା ପାଇବାକୁ ଆସି ନାହାନ୍ତି, ମାତ୍ର ସେବା କରିବାକୁ ଓ ଅନେକଙ୍କ ନିମନ୍ତେ ମୁକ୍ତିର ମୂଲ୍ୟ ସ୍ୱରୂପେ ଆପଣା ପ୍ରାଣ ଦେବାକୁ ଆସିଅଛନ୍ତି । –ମାର୍କ ୧୦:୪୫

ଯେଣୁ ଜଗତର ବିଚାର କରିବା ନିମନ୍ତେ ଈଶ୍ୱର ଆପଣା ପୁତ୍ରଙ୍କୁ ଜଗତକୁ ପ୍ରେରଣ ନ କରି, ଜଗତ ଯେପରି ତାହାଙ୍କ ଦ୍ୱାରା ପରିତ୍ରାଣ ପ୍ରାପ୍ତ ହୁଏ, ଏଥିପାଇଁ ତାହାଙ୍କୁ ପ୍ରେରଣ କଲେ ।

–ଯୋହନ ୩:୧୭

ସେଥିରେ ପୀଲାତ ତାହାଙ୍କୁ ପଚାରିଲେ, ତାହାହେଲେ ତୁମ୍ଭେ କଅଣ ଜଣେ ରାଜା ନୁହଁ ? ଯୀଶୁ ଉତ୍ତର ଦେଲେ, ଆପଣ ତ କହୁଅଛନ୍ତି, ମୁଁ ଜଣେ ରାଜା । ମୁଁ ଯେପରି ସତ୍ୟ ପକ୍ଷରେ ସାକ୍ଷ୍ୟ ଦିଏ, ଏଥିନିମନ୍ତେ ମୁଁ ଜନ୍ମ ହୋଇଅଛି ଓ ଜଗତକୁ ଆସିଅଛି । ଯେକେହି ସତ୍ୟର ସନ୍ତାନ, ସେ ମୋହର କଥା ଶୁଣେ ।

–ଯୋହନ ୧୮:୩୭

ପାପୀମାନଙ୍କୁ ପରିତ୍ରାଣ କରିବା ନିମନ୍ତେ ଖ୍ରୀଷ୍ଟ ଯୀଶୁ ଯେ ଜଗତରେ ଅବତୀର୍ଣ୍ଣ ହେଲେ, ଏହି ବାକ୍ୟ ବିଶ୍ୱାସ ଓ ସର୍ବତୋଭାବେ ଗ୍ରହଣଯୋଗ୍ୟ, ସେହି ପାପୀମାନଙ୍କ ମଧ୍ୟରେ ମୁଁ ପ୍ରଧାନ ।

–୧ ତୀମଥି ୧:୧୫

ଏଥିରେ ହିଁ ଈଶ୍ୱରଙ୍କ ପ୍ରେମ ଆମ୍ଭମାନଙ୍କ ପ୍ରତି ପ୍ରକାଶିତ ହୋଇଅଛି ଯେ, ସେ ଆପଣାର ଅଦ୍ୱିତୀୟ ପୁତ୍ରଙ୍କୁ ଜଗତକୁ ପ୍ରେରଣ କଲେ, ଯେପରି ଆମ୍ଭେମାନେ ତାହାଙ୍କ ଦ୍ୱାରା ଜୀବନ ପ୍ରାପ୍ତ ହେଉ ।

–୧ ଯୋହନ ୪:୯

କିନ୍ତୁ କାଳ ସମ୍ପୂର୍ଣ୍ଣ ହୁଅନ୍ତେ ଈଶ୍ୱର ଆପଣା ନିକଟରୁ ନିଜ ପୁତ୍ରଙ୍କୁ ପ୍ରେରଣ କଲେ, ସେ ସ୍ତ୍ରୀଜାତ ହୋଇ ବ୍ୟବସ୍ଥାଧୀନ ହେଲେ, ଯେପରି ସେ ମୂଲ୍ୟ ଦେଇ ବ୍ୟବସ୍ଥାଧୀନ ଲୋକମାନଙ୍କୁ ମୁକ୍ତ କରନ୍ତି, ପୁଣି ଆମ୍ଭେମାନେ ପୁତ୍ରତ୍ୱର ଅଧିକାର ପ୍ରାପ୍ତ ହେଉ ।

–ଗାଲାତୀୟ ୪:୪–୫

# ଯୀଶୁ ଅଲୌକିକ ଭାବେ ଗର୍ଭସ୍ଥ ହୋଇଥିଲେ

ପରେ ଷଷ୍ଠ ମାସରେ ଗାବ୍ରିଏଲ ଦୂତ ଈଶ୍ୱରଙ୍କ ନିକଟରୁ ଗାଲିଲୀର ନାଜରିତ ନାମକ ନଗରକୁ ଜଣେ କନ୍ୟା ନିକଟକୁ ପ୍ରେରିତ ହେଲେ, ଦାଉଦଙ୍କ ବଂଶର ଯୋଷେଫ ନାମକ ଜଣେ ପୁରୁଷଙ୍କ ସହିତ ତାଙ୍କର ବିବାହନିର୍ବନ୍ଧ ହୋଇଥିଲା, ସେହି କନ୍ୟାଙ୍କ ନାମ ମରିୟମ । ସେଥିରେ ଦୂତ ତାଙ୍କୁ କହିଲେ, ଆଗୋ ମରିୟମ, ଭୟ କର ନାହିଁ, କାରଣ ତୁମ୍ଭେ ଈଶ୍ୱରଙ୍କ ଛାମୁରେ ଅନୁଗ୍ରହ ପ୍ରାପ୍ତ ହୋଇଅଛ । ଆଉ ଦେଖ, ତୁମ୍ଭେ ଗର୍ଭଧାରଣ କରି ଗୋଟିଏ ପୁତ୍ର ପ୍ରସବ କରିବ ଓ ତାହାଙ୍କ ନାମ ଯୀଶୁ ଦେବ । ସେ ମହାନ୍ ହେବେ ଓ ପରାତ୍ପରଙ୍କ ପୁତ୍ର ବୋଲି ଖ୍ୟାତ ହେବେ, ପ୍ରଭୁ ଈଶ୍ୱର ତାହାଙ୍କୁ ତାହାଙ୍କ ପିତା ଦାଉଦଙ୍କ ସିଂହାସନ ଦାନ କରିବେ, ସେ ଯାକୁବ-ବଂଶ ଉପରେ ଯୁଗେ ଯୁଗେ ରାଜତ୍ୱ କରିବେ, ପୁଣି ତାହାଙ୍କ ରାଜ୍ୟର ଶେଷ ହେବ ନାହିଁ । କିନ୍ତୁ ମରିୟମ ଦୂତଙ୍କୁ କହିଲେ, ଏହା କିପରି ହେବ ? ମୁଁ ତ ପୁରୁଷକୁ ଜାଣେ ନାହିଁ । ଦୂତ ତାଙ୍କୁ ଉତ୍ତର ଦେଲେ, ପବିତ୍ରଆତ୍ମା ତୁମ୍ଭ ଉପରେ ଅବତରଣ...ଏଣୁ ଯେ ଜାତ ହେବେ, ସେ ପବିତ୍ର ଓ ଈଶ୍ୱରଙ୍କ ପୁତ୍ର ବୋଲି ଖ୍ୟାତ ହେବେ । ପୁଣି ଦେଖ, ତୁମ୍ଭର ଆତ୍ମୀୟା ଏଲୀଶାବେଥ ମଧ୍ୟ ବୃଦ୍ଧାବୟସରେ ଗୋଟିଏ ପୁତ୍ର ଗର୍ଭରେ ଧାରଣ କରିଅଛନ୍ତି । ଯେ ବନ୍ଧ୍ୟା ବୋଲି ଖ୍ୟାତ, ତାଙ୍କର ଏବେ ଷଷ୍ଠ ମାସ ହେଲାଣି, କାରଣ ଈଶ୍ୱରଙ୍କଠାରୁ ନିର୍ଗତ କୌଣସି ବାକ୍ୟ ଶକ୍ତିହୀନ ହେବ ନାହିଁ ।

—ଲୂକ ୧:୨୬-୨୭, ୩୦-୩୭

କିନ୍ତୁ ସେ ଏହା ମନସ୍ଥ କଲା ପରେ, ପ୍ରଭୁଙ୍କର ଜଣେ ଦୂତ ଦର୍ଶନ ଦେଇ କହିଲେ, ହେ ଦାଉଦଙ୍କ ସନ୍ତାନ ଯୋଷେଫ, ତୁମ୍ଭର ଭାର୍ଯ୍ୟା ମରିୟମଙ୍କୁ ଗ୍ରହଣ କରିବାକୁ ଭୟ କର ନାହିଁ, କାରଣ ତାଙ୍କର ଗର୍ଭ ପବିତ୍ରଆତ୍ମାଙ୍କ କର୍ତ୍ତୃକ ହୋଇଅଛି । ସେ ପୁତ୍ର ପ୍ରସବ କରିବେ, ଆଉ ତୁମ୍ଭେ ତାହାଙ୍କ ନାମ ଯୀଶୁ ଦେବ, କାରଣ ସେ ଆପଣା ଲୋକଙ୍କୁ ସମସ୍ତ ପାପରୁ ପରିତ୍ରାଣ କରିବେ ।

—ମାଥିଉ ୧:୨୦-୨୧

# ଯୀଶୁଙ୍କର ଜନ୍ମ

ସେସମୟରେ ସମସ୍ତ ସାମ୍ରାଜ୍ୟବାସୀଙ୍କ ନାମ ଲେଖାଯିବା ନିମନ୍ତେ କାଇସର ଅଗଷ୍ଟଙ୍କଠାରୁ ଆଜ୍ଞା ଘୋଷଣା କରାଗଲା ।

ସୁରିଆର ଶାସନକର୍ତ୍ତା କ୍ୱିରୀଣିୟଙ୍କ ସମୟରେ ପ୍ରଥମ ଥର ଏହି ନାମ ଲେଖା ହୋଇଥିଲା ।...ପୁଣି, ଯୋଷେଫ ମଧ୍ୟ ନାମ ଲେଖାଇବା ନିମନ୍ତେ ମରିୟମଙ୍କ ସହିତ ଗାଲିଲୀର ନାଜରିତ ନଗରରୁ ଯିହୂଦା ପ୍ରଦେଶର ବେଥଲିହିମ ନାମକ ଦାଉଦଙ୍କ ନଗରକୁ ଗଲେ, କାରଣ ସେ ଦାଉଦଙ୍କ ବଂଶ ଓ ଗୋଷ୍ଠୀର ଲୋକ ଥିଲେ, ତାଙ୍କ ସହିତ ମରିୟମଙ୍କ ବିବାହନିର୍ବନ୍ଧ ହୋଇଥିଲା ଓ ସେ ଗର୍ଭବତୀ ଥିଲେ । ସେମାନେ ସେହି ସ୍ଥାନରେ ଥିବା ସମୟରେ ତାଙ୍କର ପ୍ରସବକାଳ ଉପସ୍ଥିତ ହେଲା, ପୁଣି ସେ ଆପଣା ପ୍ରଥମଜାତ ପୁତ୍ର ପ୍ରସବ କଲେ ଏବଂ ତାହାଙ୍କୁ ଲୁଗାରେ ଗୁଡ଼ାଇ ଗୁହାଳକୁଣ୍ଡରେ ଶୁଆଇଲେ, କାରଣ ବସାଘରେ ସେମାନଙ୍କ ପାଇଁ ସ୍ଥାନ ନ ଥିଲା । ସେହି ଅଞ୍ଚଳରେ କେତେକ ମେଷପାଳକ ପଦାରେ ରହି ରାତ୍ରିରେ ସେମାନଙ୍କ ପଲ ଜଗୁଥିଲେ । ପ୍ରଭୁଙ୍କର ଜଣେ ଦୂତ ସେମାନଙ୍କ ନିକଟରେ ଉପସ୍ଥିତ ହେଲେ, ... ଆଉ ସେମାନେ ଅତିଶୟ ଭୟଗ୍ରସ୍ତ ହେଲେ । ସେଥିରେ ଦୂତ ସେମାନଙ୍କୁ କହିଲେ, ଭୟ କର ନାହିଁ, ଦେଖ, ମୁଁ ସମସ୍ତ ଲୋକଙ୍କର ଅତ୍ୟନ୍ତ ଆନନ୍ଦଜନକ ସୁସମାଚାର ତୁମ୍ଭମାନଙ୍କୁ ଜଣାଉଅଛି, କାରଣ ଆଜି ଦାଉଦଙ୍କ ନଗରରେ ତୁମ୍ଭମାନଙ୍କ ନିମନ୍ତେ ତ୍ରାଣକର୍ତ୍ତା ଜନ୍ମଗ୍ରହଣ କରିଅଛନ୍ତି, ସେ ଖ୍ରୀଷ୍ଟ ପ୍ରଭୁ । ଆଉ ତୁମ୍ଭମାନଙ୍କ ନିମନ୍ତେ ଏହା ଚିହ୍ନସ୍ୱରୂପ ହେବ, ତୁମ୍ଭେମାନେ ଜଣେ ଶିଶୁଙ୍କୁ ଲୁଗାରେ ଗୁଡ଼ା ହୋଇ ଗୁହାଳ କୁଣ୍ଡରେ ଶୋଇଥିବାର ଦେଖିବ । ପୁଣି, ଅକସ୍ମାତ୍ ସେହି ଦୂତଙ୍କ ସାଙ୍ଗରେ ସ୍ୱର୍ଗୀୟ ବାହିନୀର ଗୋଟିଏ ବୃହତ୍ ଦଳ ଉପସ୍ଥିତ ହୋଇ ଈଶ୍ୱରଙ୍କ ସ୍ତବଗାନ କରୁ କରୁ କହିଲେ, ଊର୍ଦ୍ଧ୍ୱଲୋକରେ ଈଶ୍ୱରଙ୍କ ମହିମା, ପୁଣି ପୃଥିବୀରେ ତାହାଙ୍କ ସନ୍ତୋଷପାତ୍ର ମନୁଷ୍ୟମାନଙ୍କ ମଧ୍ୟରେ ଶାନ୍ତି ।

–ଲୂକ ୨:୧–୧୪

ତାହାଙ୍କୁ ସୁନ୍ନତ କରିବା ସକାଶେ ଅଷ୍ଟମ ଦିନ ଉପସ୍ଥିତ ହୁଅନ୍ତେ, ତାହାଙ୍କର ନାମ ଯୀଶୁ ଦିଆଗଲା, ଏହି ନାମ ତାହାଙ୍କ ଗର୍ଭସ୍ଥ ହେବା ପୂର୍ବରୁ ଦୂତଙ୍କ ଦ୍ୱାରା ଦିଆଯାଇ ଥିଲା ।

–ଲୂକ ୨:୨୧

ଆଉ ଦେଖ, ଯିରୂଶାଲମରେ ଶିମିୟୋନ ନାମକ ଜଣେ ଧାର୍ମିକ ଓ ଭକ୍ତ ବ୍ୟକ୍ତି ଥିଲେ, ସେ ଇସ୍ରାଏଲର ସାନ୍ତ୍ୱନା ଅପେକ୍ଷା କରୁଥିଲେ, ପୁଣି ପବିତ୍ରଆତ୍ମା ତାଙ୍କଠାରେ ଅଧିଷ୍ଠାନ କରିଥିଲେ । ପ୍ରଭୁଙ୍କ ଅଭିଷିକ୍ତଙ୍କର ଦର୍ଶନ ନ ପାଇଲେ ତାଙ୍କର ଯେ ମୃତ୍ୟୁ ହେବ ନାହିଁ, ପବିତ୍ରଆତ୍ମାଙ୍କ ଦ୍ୱାରା ତାଙ୍କୁ ଏହି ପ୍ରତ୍ୟାଦେଶ ଦିଆଯାଇଥିଲା । ସେ ଆତ୍ମାଙ୍କ ଦ୍ୱାରା ଚାଳିତ ହୋଇ ମନ୍ଦିରକୁ ଆସିଲେ, ପୁଣି ଶିଶୁ ଯୀଶୁଙ୍କ ପିତାମାତା ଯେତେବେଳେ ତାହାଙ୍କ ବିଷୟରେ ବ୍ୟବସ୍ଥାର ବିଧି ଅନୁଯାୟୀ କ୍ରିୟା କରିବା ନିମନ୍ତେ ତାହାଙ୍କୁ ଭିତରକୁ ଆଣିଲେ, ସେତେବେଳେ ସେ ତାହାଙ୍କୁ କୋଳରେ ଘେନି ଈଶ୍ୱରଙ୍କ ସ୍ତବ କରି କହିଲେ, ହେ ପ୍ରଭୁ, ଏବେ ତୁମ୍ଭେ ଆପଣା ବାକ୍ୟ ଅନୁସାରେ ନିଜ ଦାସକୁ ଶାନ୍ତିରେ ପ୍ରସ୍ଥାନ କରିବାକୁ ଦେଉଅଛ, କାରଣ ମୋହର ନେତ୍ର ତୁମ୍ଭର ପରିତ୍ରାଣ ଦେଖିଅଛି, ଯାହା ତୁମ୍ଭେ ସମସ୍ତ ଲୋକଙ୍କ ସମ୍ମୁଖରେ ପ୍ରସ୍ତୁତ କରି, ବିଜାତିମାନଙ୍କ ପ୍ରତି ସତ୍ୟ ପ୍ରକାଶକ ଜ୍ୟୋତିଃ, ପୁଣି ତୁମ୍ଭ ଲୋକ ଇସ୍ରାଏଲର ଗୌରବସ୍ୱରୂପ କରିଅଛ । ତାହାଙ୍କ ସମ୍ବନ୍ଧୀୟ କଥିତ ସମସ୍ତ ବିଷୟରେ ତାହାଙ୍କ ପିତାମାତା ଚମତ୍କୃତ ହେଉଥିଲେ । ଆଉ, ଶିମିୟୋନ ସେମାନଙ୍କୁ ଆଶୀର୍ବାଦ କରି ତାହାଙ୍କ ମାତା ମରିୟମଙ୍କୁ କହିଲେ, ଦେଖ, ଯେପରି ଅନେକଙ୍କ ହୃଦୟର ଭାବ ପ୍ରକାଶିତ ହୁଏ ।

–ଲୂକ ୨:୨୫–୩୪

# ଯୀଶୁ ପୂଜା ପାଇଲେ

ହେରୋଦ ରାଜାଙ୍କ ସମୟରେ ଯିହୁଦା ପ୍ରଦେଶର ବେଥଲିହିମରେ ଯୀଶୁଙ୍କ ଜନ୍ମ ହେବା ପରେ, ଦେଖ, ପୂର୍ବଦେଶର କେତେକ ପଣ୍ଡିତ ଯିରୂଶାଲମକୁ ଆସି କହିଲେ, ଯିହୁଦୀମାନଙ୍କର ଯେଉଁ ରାଜା ଜନ୍ମଗ୍ରହଣ କରିଅଛନ୍ତି, ସେ କେଉଁଠାରେ ? କାରଣ ଆମ୍ଭେମାନେ ପୂର୍ବ ଦେଶରେ ତାହାଙ୍କ ତାରା ଦେଖି ତାହାଙ୍କୁ ପ୍ରଣାମ କରିବାକୁ ଆସିଅଛୁ ।

ଏହା ଶୁଣି ହେରୋଦ ରାଜା ଓ ତାଙ୍କ ସହିତ ସମୁଦାୟ ଯିରୂଶାଲମ ନିବାସୀ ଉଦ୍‌ବିଗ୍ନ ହେଲେ, ପୁଣି, ସେ ଲୋକଙ୍କର ସମସ୍ତ ପ୍ରଧାନ ଯାଜକ ଓ ଶାସ୍ତ୍ରୀଙ୍କୁ ଏକତ୍ର କରି, ଖ୍ରୀଷ୍ଟ କେଉଁଠାରେ ଜନ୍ମଗ୍ରହଣ କରିବେ, ତାହା ସେମାନଙ୍କଠାରୁ ବୁଝିନେବାକୁ ଚେଷ୍ଟା କଲେ ।

ସେମାନେ ତାଙ୍କୁ କହିଲେ, ଯିହୁଦା ପ୍ରଦେଶର ବେଥଲିହିମରେ, କାରଣ ଭାବବାଦୀଙ୍କ ଦ୍ୱାରା ଏପରି ଲେଖାଅଛି ।

ସେଥିରେ ସେମାନେ ରାଜାଙ୍କ କଥା ଶୁଣି ଚାଲିଲେ, ଆଉ ଦେଖ, ସେମାନେ ପୂର୍ବ ଦେଶରେ ଯେଉଁ ତାରା ଦେଖିଥିଲେ, ତାହା ସେମାନଙ୍କ ଆଗେ ଆଗେ ଯାଇ, ଯେଉଁଠାରେ ଶିଶୁ ଥିଲେ, ଶେଷରେ ସେହି ସ୍ଥାନ ଉପରେ ସ୍ଥଗିତ ହେଲା ।

ସେମାନେ ତାରା ଦେଖି ମହାନନ୍ଦରେ ଅତିଶୟ ଆନନ୍ଦିତ ହେଲେ, ଆଉ ଗୃହ ଭିତରକୁ ଯାଇ ଶିଶୁଙ୍କୁ ତାହାଙ୍କ ମାତା ମରିୟମଙ୍କ ସଙ୍ଗରେ ଦେଖିଲେ ଓ ତାହାଙ୍କୁ ଭୂମିଷ୍ଠ ପ୍ରଣାମ କଲେ, ପୁଣି ଆପଣା ଆପଣା ପେଡ଼ି ଫିଟାଇ ସୁନା, କୁନ୍ଦୁରୁ ଓ ଗନ୍ଧରସ ତାହାଙ୍କୁ ଦର୍ଶନୀ ଦେଲେ । –ମାଥିଉ ୨:୧–୫, ୯–୧୧

ଆକାଶରେ ଆଉ ଗୋଟିଏ ଲକ୍ଷଣ ଦେଖାଗଲା, ଦେଖ, ଗୋଟିଏ ଲୋହିତବର୍ଣ୍ଣ ପ୍ରକାଣ୍ଡ ସର୍ପ, ... ତାହାର ଲାଙ୍ଗୁଳ ଆକାଶର ତୃତୀୟାଂଶ ନକ୍ଷତ୍ରକୁ ଆକର୍ଷଣ କରି ପୃଥିବୀରେ ନିକ୍ଷେପ କଲା । ଆଉ ସେହି ସର୍ପ ପ୍ରସବ କରିବାକୁ ଉଦ୍ୟତ ସ୍ତ୍ରୀଲୋକ ପ୍ରସବ କରିବାମାତ୍ର ତାଙ୍କ ସନ୍ତାନକୁ ଗ୍ରାସ କରିବା ନିମନ୍ତେ ତାହାଙ୍କ ସମ୍ମୁଖରେ ଠିଆ ହେଲା । ଯେ ସମସ୍ତ ଜାତିଙ୍କୁ ଲୌହଦଣ୍ଡରେ ଶାସନ କରିବେ, ଏପରି ଏକ ପୁତ୍ରସନ୍ତାନଙ୍କୁ ସେହି ସ୍ତ୍ରୀଲୋକ ପ୍ରସବ କଲେ, ଆଉ ତାହାଙ୍କ ସନ୍ତାନ ଈଶ୍ୱର ଓ ତାହାଙ୍କ ସିଂହାସନ ନିକଟକୁ ଉଠାଇ ନିଆଗଲେ । –ପ୍ରକାଶିତ ବାକ୍ୟ ୧୨:୩–୫

ସେମାନେ ପ୍ରସ୍ଥାନ କଲା ଉତ୍ତାରେ, ଦେଖ, ପ୍ରଭୁଙ୍କର ଜଣେ ଦୂତ ସ୍ୱପ୍ନରେ ଯୋଷେଫଙ୍କୁ ଦର୍ଶନ ଦେଇ କହିଲେ, ଉଠ, ଶିଶୁ ଓ ତାହାଙ୍କ ମାତାଙ୍କୁ ଘେନି ମିସରକୁ ପଳାଅ, ...କାରଣ ଶିଶୁଙ୍କୁ ବିନାଶ କରିବା ନିମନ୍ତେ ହେରୋଦ ତାହାଙ୍କୁ ଅନ୍ୱେଷଣ କରିବାକୁ ଉଦ୍ୟତ ।

ଏଥିରେ ସେ ଉଠି ରାତ୍ରିରେ ଶିଶୁ ଓ ତାହାଙ୍କ ମାତାଙ୍କୁ ଘେନି ମିସରକୁ ପଳାଇଗଲେ, ଆଉ ହେରୋଦଙ୍କ ମରଣ ପର୍ଯ୍ୟନ୍ତ ସେଠାରେ ରହିଲେ, ଯେପରି ଭାବବାଦୀଙ୍କ ଦ୍ୱାରା ପ୍ରଭୁଙ୍କ ଉକ୍ତ ଏହି ବାକ୍ୟ ସଫଳ ହୁଏ, ମିସରରୁ ଆମ୍ଭେ ଆପଣା ପୁତ୍ରଙ୍କୁ ...ଇତିମଧ୍ୟରେ ହେରୋଦ ପଣ୍ଡିତମାନଙ୍କ ଦ୍ୱାରା ଆପଣାକୁ ପ୍ରବଞ୍ଚିତ ହେବା ଦେଖି କ୍ରୋଧାନ୍ଧ ହୋଇଗଲେ, ଆଉ ସେମାନଙ୍କ ନିକଟରୁ ସୂକ୍ଷ୍ମ ରୂପେ ଯେଉଁ ସମୟ ବୁଝିଥିଲେ, ତଦନୁସାରେ ଦୁଇ ବର୍ଷ ଓ ସେଥିରୁ ନ୍ୟୁନବୟସ ଯେତେ ବାଳକ ବେଥଲିହିମ, ପୁଣି ସେଥିର ସମସ୍ତ ସୀମା ମଧ୍ୟରେ ଥିଲେ, ଲୋକ ପଠାଇ ସେହିସମସ୍ତଙ୍କୁ ବଧ କରାଇଲେ । – ମାଥିଉ୨:୧୩–୧୫, ୧୬

ଆଉ, ଶିଶୁ ବୃଦ୍ଧି ପାଇବାକୁ ଲାଗିଲେ ଓ ଜ୍ଞାନରେ ପୂର୍ଣ୍ଣ ହେଉ ହେଉ ଶକ୍ତିମାନ୍ ହେଲେ, ...ତାହାଙ୍କ ପିତାମାତା ପ୍ରତିବର୍ଷ ନିସ୍ତାରପର୍ବ ସମୟରେ ଯିରୂଶାଲମକୁ ଯାଉଥିଲେ। ତାହାଙ୍କର ବାର ବର୍ଷ ସମୟରେ ସେମାନେ ପର୍ବର ରୀତି ଅନୁସାରେ ସେଠାକୁ ଯାତ୍ରା କଲେ । ପର୍ବର ସମୟ ସମାପ୍ତ କରି ଯେତେବେଳେ ସେମାନେ ବାହୁଡ଼ି ଆସୁଥିଲେ, ସେତେବେଳେ ବାଳକ ଯୀଶୁ ଯିରୂଶାଲମରେ ରହିଗଲେ, ଆଉ ତାହାଙ୍କ ପିତାମାତା ତାହା ଜାଣି ନ ଥିଲେ । କିନ୍ତୁ ସେ ସହଯାତ୍ରୀମାନଙ୍କ ସଙ୍ଗରେ ଅଛନ୍ତି ବୋଲି ମନେ କରି ସେମାନେ ଦିନକର ବାଟ ଚାଲିଗଲେ, ...ଆଉ ତାହାଙ୍କୁ ନ ପାଇ ଖୋଜୁ ଖୋଜୁ ଯିରୂଶାଲମକୁ ଲେଉଟିଗଲେ । ତିନିଦିନ ପରେ ସେମାନେ ତାହାଙ୍କୁ ମନ୍ଦିରରେ ପାଇଲେ, ସେ ପଣ୍ଡିତମାନଙ୍କ ମଧ୍ୟରେ ବସି ସେମାନଙ୍କ କଥା ଶୁଣୁଥିଲେ ଓ ସେମାନଙ୍କୁ ପ୍ରଶ୍ନ ପଚାରୁଥିଲେ, ଆଉ ଯେତେ ଲୋକ ତାହାଙ୍କ କଥା ଶୁଣୁଥିଲେ, ସମସ୍ତେ ତାହାଙ୍କ ବୁଦ୍ଧି ଓ ଉତ୍ତରରେ ଆଚମ୍ବିତ ହେଉଥିଲେ । ସେମାନେ ତାହାଙ୍କୁ ଦେଖି ଆଶ୍ଚର୍ଯ୍ୟାନ୍ୱିତ ହେଲେ, ଆଉ ତାହାଙ୍କର ମାତା ତାହାଙ୍କୁ କହିଲେ, ପୁଅରେ, ଆମ୍ଭମାନଙ୍କ ପ୍ରତି କାହିଁକି ଏପରି ବ୍ୟବହାର କଲୁ ? ଦେଖ୍, ତୋର ବାପା ଓ ମୁଁ ଅତିଶୟ କାତର ହୋଇ ତୋତେ ଖୋଜୁଅଛୁ । ଏଥିରେ ସେ ସେମାନଙ୍କୁ କହିଲେ, କାହିଁକି ତୁମ୍ଭେମାନେ ମୋତେ ଖୋଜୁଥିଲ ? ମୋହର ପିତାଙ୍କ ଗୃହରେ ରହିବା ଯେ ମୋହର କର୍ତ୍ତବ୍ୟ, ଏହା କଅଣ ଜାଣି ନ ଥିଲ ?

ଆଉ, ଯୀଶୁ ଜ୍ଞାନରେ ଓ ଶରୀରରେ, ପୁଣି ଈଶ୍ୱରଙ୍କ ଓ ମନୁଷ୍ୟମାନଙ୍କ ଅନୁଗ୍ରହରେ ବୃଦ୍ଧି ପାଇଲେ ।

–ଲୂକ ୨:୪୦–୪୯, ୫୨

ଈଶ୍ୱରଙ୍କ ନିକଟରୁ ପ୍ରେରିତ ଜଣେ ବ୍ୟକ୍ତି ଉପସ୍ଥିତ ହେଲେ, ତାହାଙ୍କ ନାମ ଯୋହନ । ସେ କହିଲେ, ଯିଶାୟ ଭାବବାଦୀ ଯେପରି କହିଥିଲେ, ମୁଁ ସେହି ପ୍ରକାର ପ୍ରାନ୍ତରରେ ଉଚ୍ଚ ଶବ୍ଦ କରୁଥିବା ଜଣକର ସ୍ୱର, ପ୍ରଭୁଙ୍କ ପଥ ସଳଖ କର ।

ତହିଁ ଆରଦିନ ସେ ଯୀଶୁଙ୍କୁ ନିଜ ପାଖକୁ ଆସୁଥିବା ଦେଖି କହିଲେ, ଏହି ଦେଖ, ଈଶ୍ୱରଙ୍କ ମେଷଶାବକ, ଯେ ଜଗତର ପାପ ବହିନେଇଯାଆନ୍ତି ।

ଆଉ, ଯୋହନ ସାକ୍ଷ୍ୟ ଦେଇ କହିଲେ, ମୁଁ ଆତ୍ମାଙ୍କୁ କପୋତ ପରି ଆକାଶରୁ ଅବତରଣ କରିବା ଦେଖିଅଛି, ଆଉ ସେ ତାହାଙ୍କ ଉପରେ ଅବସ୍ଥାନ କଲେ । ମୁଁ ମଧ୍ୟ ତାହାଙ୍କୁ ଚିହ୍ନି ନ ଥିଲି, ମାତ୍ର ଯେ ମୋତେ ଜଳରେ ବାପ୍ତିସ୍ମ ଦେବାକୁ ପଠାଇଲେ, ସେ ମୋତେ କହିଲେ, ଯାହାଙ୍କ ଉପରେ ଆତ୍ମାଙ୍କୁ ଅବତରଣ ଓ ଅବସ୍ଥାନ କରିବା ଦେଖିବ, ଯେ ପବିତ୍ରଆତ୍ମାରେ ବାପ୍ତିସ୍ମ ଦିଅନ୍ତି, ସେ ସେହି ବ୍ୟକ୍ତି । ଆଉ, ମୁଁ ତାହା ଦେଖିଅଛି ଓ ସେ ଈଶ୍ୱରଙ୍କ ପୁତ୍ର ବୋଲି ସାକ୍ଷ୍ୟ ଦେଇଅଛି ।

–ଯୋହନ ୧:୬, ୨୩, ୨୯, ୩୨–୩୪

ଯୀଶୁ ବାପ୍ତିଜିତ ହେଲାକ୍ଷଣି ଜଳରୁ ଉଠି ଆସିଲେ, ଆଉ ଦେଖ, ଆକାଶ ଉନ୍ମୁକ୍ତ ହେଲା, ପୁଣି ସେ ଈଶ୍ୱରଙ୍କ ଆତ୍ମାଙ୍କୁ କପୋତ ପରି ଅବତରଣ କରି ଆପଣା ଉପରକୁ ଆସିବା ଦେଖିଲେ ।

ଆଉ ଦେଖ, ଆକାଶରୁ ଏହି ବାଣୀ ହେଲା, ଏ ଆମ୍ଭର ପ୍ରିୟ ପୁତ୍ର, ଏହାଙ୍କଠାରେ ଆମ୍ଭର ପରମ ସନ୍ତୋଷ ।

–ମାଥିଉ ୩:୧୬–୧୭

ଆଉ, ପରୀକ୍ଷକ ତାହାଙ୍କ ନିକଟକୁ ଆସି କହିଲା, ତୁମ୍ଭେ ଯେବେ ଈଶ୍ୱରଙ୍କ ପୁତ୍ର, ତେବେ ଏହି ପଥରଗୁଡ଼ାକ ରୋଟୀ ହେବା ପାଇଁ ଆଜ୍ଞା ଦିଅ ।

କିନ୍ତୁ ସେ ଉତ୍ତର ଦେଲେ, ଲେଖାଅଛି, ମନୁଷ୍ୟ କେବଳ ରୋଟୀରେ ବଞ୍ଚିବ ନାହିଁ, ମାତ୍ର ଈଶ୍ୱରଙ୍କ ମୁଖରୁ ନିର୍ଗତ ପ୍ରତ୍ୟେକ ବାକ୍ୟରେ ବଞ୍ଚିବ ।

ତହିଁ ଉତ୍ତାରେ ଶୟତାନ ତାହାଙ୍କୁ ପୁଣ୍ୟ ନଗରୀକୁ ଘେନିଯାଇ ମନ୍ଦିରର ଛାତ ଉପରେ ଠିଆ କରାଇ ତାହାଙ୍କୁ କହିଲା, ତୁମ୍ଭେ ଯେବେ ଈଶ୍ୱରଙ୍କ ପୁତ୍ର, ତେବେ ତଳକୁ ଡେଇଁ ପଡ଼, କାରଣ ଲେଖାଅଛି, ସେ ଆପଣା ଦୂତମାନଙ୍କୁ ତୁମ୍ଭ ବିଷୟରେ ଆଜ୍ଞା ଦେବେ, ଆଉ କାଳେ ତୁମ୍ଭ ପାଦ ପଥରରେ ବାଜିବ, ଏଥିପାଇଁ ସେମାନେ ତୁମ୍ଭକୁ ହସ୍ତରେ ଟୋକି ଧରିବେ ।

ଯୀଶୁ ତାହାକୁ କହିଲେ, ଆହୁରି ଲେଖାଅଛି, ତୁମ୍ଭେ ପ୍ରଭୁ ଆପଣା ଈଶ୍ୱରଙ୍କୁ ପରୀକ୍ଷା କରିବ ନାହିଁ । ପୁନଶ୍ଚ ଶୟତାନ ତାହାଙ୍କୁ ଗୋଟିଏ ଅତି ଉଚ୍ଚ ପର୍ବତ ଉପରକୁ ଘେନିଯାଇ ଜଗତର ସମସ୍ତ ରାଜ୍ୟ ଓ ସେସବୁର ଐଶ୍ୱର୍ଯ୍ୟ ଦେଖାଇ କହିଲା, ତୁମ୍ଭେ ଯେବେ ଆମ୍ଭକୁ ଭୂମିଷ୍ଠ ପ୍ରଣାମ କରିବ, ତେବେ ଆମ୍ଭେ ଏହିସମସ୍ତ ତୁମ୍ଭକୁ ଦେବା ।

ତହିଁରେ ଯୀଶୁ ତାହାକୁ କହିଲେ, ଦୂର ହ, ଶୟତାନ, କାରଣ ଲେଖାଅଛି, ତୁମ୍ଭେ ପ୍ରଭୁ ଆପଣା ଈଶ୍ୱରଙ୍କୁ ପ୍ରଣାମ କରିବ, ପୁଣି କେବଳ ତାହାଙ୍କର ଉପାସନା କରିବ ।

–ମାଥିଉ ୪:୩–୧୦

କାରଣ ସେ ନିଜେ ପରୀକ୍ଷିତ ହୋଇ ଦୁଃଖଭୋଗ କରିଥିବାରୁ ପରୀକ୍ଷିତ ହେଉଥିବା ଲୋକମାନଙ୍କ ଉପକାର କରିବା ନିମନ୍ତେ ସକ୍ଷମ ଅଟନ୍ତି । –ଏବ୍ରୀ ୨:୧୮

ସେ ଗାଲିଲୀ ସମୁଦ୍ରକୂଳ ଦେଇ ଯାଉଥିବା ସମୟରେ ଶିମୋନ ଓ ତାଙ୍କ ଭାଇ ଆନ୍ଦ୍ରିୟଙ୍କୁ ସମୁଦ୍ରରେ ଭଉଁରିଜାଲ ପକାଉଥିବା ଦେଖିଲେ, କାରଣ ସେମାନେ ମତ୍ସ୍ୟଜୀବୀ ଥିଲେ । ଯୀଶୁ ସେମାନଙ୍କୁ କହିଲେ, ମୋହର ଅନୁଗମନ କର, ମୁଁ ତୁମ୍ଭମାନଙ୍କୁ ମନୁଷ୍ୟ ଧରିବା ଶିଖାଇବି । ସେଥିରେ ସେମାନେ ସେହିକ୍ଷଣି ଜାଲ ଛାଡ଼ି ତାହାଙ୍କର ଅନୁଗମନ କଲେ ।

ପୁଣି, ସେ ଅଳ୍ପ ଦୂର ଆଗକୁ ଯାଇ ଜେବଦୀଙ୍କ ପୁତ୍ର ଯାକୁବ ଓ ତାଙ୍କ ଭାଇ ଯୋହନଙ୍କୁ ନୌକାରେ ଜାଲ ସଜାଡୁଥିବା ଦେଖିଲେ । ସେହିକ୍ଷଣି ସେ ସେମାନଙ୍କୁ ଡାକିଲେ, ପୁଣି ସେମାନେ ସେମାନଙ୍କର ପିତା ଜେବଦୀଙ୍କି ମୂଲିଆମାନଙ୍କ ସହିତ ନୌକାରେ ଛାଡ଼ି ତାହାଙ୍କର ଅନୁଗମନ କଲେ । –ମାର୍କ ୧:୧୬–୨୦

ତହିଁ ଆରଦିନ ଯୀଶୁ ଗାଲିଲୀକୁ ବାହାରିଯିବା ପାଇଁ ଇଚ୍ଛା କଲେ, ଆଉ ସେ ଫିଲିପ୍‌ପଙ୍କ ଦେଖା ପାଇ ତାଙ୍କୁ କହିଲେ, ମୋହର ଅନୁଗମନ କର । –ଯୋହନ ୧:୪୩

ପୁଣି, ଯାଉ ଯାଉ ସେ ଆଲଫିଙ୍କ ପୁତ୍ର ଲେବିଙ୍କି କରଆଦାୟ ସ୍ଥାନରେ ବସିଥିବା ଦେଖି ତାଙ୍କୁ କହିଲେ, ମୋହର ଅନୁଗମନ କର । ସେଥିରେ ସେ ଉଠି ତାହାଙ୍କର ଅନୁଗମନ କଲେ । –ମାର୍କ ୨:୧୪

ସେହି ସମୟରେ ସେ ଦିନେ ପ୍ରାର୍ଥନା କରିବା ନିମନ୍ତେ ପର୍ବତକୁ ବାହାରିଯାଇ ଈଶ୍ୱରଙ୍କ ନିକଟରେ ପ୍ରାର୍ଥନା କରୁ କରୁ ସମସ୍ତ ରାତ୍ରି ଯାପନ କଲେ । ପ୍ରଭାତ ହୁଅନ୍ତେ, ସେ ଆପଣା ଶିଷ୍ୟମାନଙ୍କୁ ପାଖକୁ ଡାକି ସେମାନଙ୍କ ମଧ୍ୟରୁ ଦ୍ୱାଦଶ ଜଣଙ୍କୁ ମନୋନୀତ କଲେ, ସେ ସେମାନଙ୍କୁ ମଧ୍ୟ ପ୍ରେରିତ ନାମ ଦେଲେ । –ଲୂକ ୬:୧୨–୧୩

ଏଥିଉତ୍ତାରେ ଯୀଶୁ ଆତ୍ମାଙ୍କ ଶକ୍ତିରେ ଗାଲିଲୀକି ବାହୁଡ଼ିଗଲେ, ଆଉ ଚତୁର୍ଦ୍ଦିଗସ୍ଥ ସମସ୍ତ ଅଞ୍ଚଳରେ ତାହାଙ୍କର ଖ୍ୟାତି ବ୍ୟାପିଗଲା । ପୁଣି, ସେ ସେମାନଙ୍କର ସମାଜଗୃହସମୂହରେ ଶିକ୍ଷା ଦେଇ ସମସ୍ତଙ୍କଠାରୁ ଗୌରବ ପାଇବାକୁ ଲାଗିଲେ । ସେ ଯେଉଁ ନାଜରିତରେ ପ୍ରତିପାଳିତ ହୋଇଥିଲେ, ସେହି ସ୍ଥାନକୁ ଇତିମଧ୍ୟରେ ଗଲେ ଓ ଆପଣା ରୀତି ଅନୁସାରେ ବିଶ୍ରାମବାରରେ ସମାଜଗୃହରେ ପ୍ରବେଶ କଲେ, ଆଉ ପାଠ କରିବା ନିମନ୍ତେ ଠିଆ ହେଲେ । ସେଥିରେ ଯିଶାଇୟ ଭାବବାଦୀଙ୍କ ପୁସ୍ତକ ତାଙ୍କୁ ଦିଆଗଲା, ଆଉ ସେ ତାହା ଫିଟାଇ, ଯେଉଁ ସ୍ଥାନରେ ଏହି ବାକ୍ୟ ଲିଖିତ ଅଛି, ତାହା ପାଇଲେ,

ପ୍ରଭୁଙ୍କର ଆତ୍ମା ମୋʼଠାରେ ଅଧିଷ୍ଠିତ, ଯେଣୁ ଦୀନହୀନମାନଙ୍କ ନିକଟରେ ସୁସମାଚାର ପ୍ରଚାର କରିବା ନିମନ୍ତେ ସେ ମୋତେ ଅଭିଷିକ୍ତ କରିଅଛନ୍ତି, ବନ୍ଦୀମାନଙ୍କ ନିକଟରେ ମୁକ୍ତି ଓ ଅନ୍ଧମାନଙ୍କ ନିକଟରେ ଦୃଷ୍ଟିଲାଭର ବିଷୟ ଘୋଷଣା କରିବାକୁ, ପୁଣି ଉପଦ୍ରବପ୍ରାପ୍ତ ଲୋକମାନଙ୍କୁ ମୁକ୍ତ କରିବାକୁ, ଆଉ ପ୍ରଭୁଙ୍କ ଅନୁଗ୍ରହବର୍ଷ ଘୋଷଣା କରିବାକୁ ସେ ମୋତେ ପ୍ରେରଣ କରିଅଛନ୍ତି ।

ପରେ ସେ ପୁସ୍ତକ ବନ୍ଦ କରି ପରିଚାରକକୁ ତାହା ଫେରାଇଦେଇ ଉପବେଶନ କଲେ, ଆଉ ସମାଜଗୃହରେ ସମସ୍ତଙ୍କ ଦୃଷ୍ଟି ତାହାଙ୍କ ଉପରେ ସ୍ଥିର ହୋଇ ରହିଲା । ପୁଣି, ସେ ସେମାନଙ୍କୁ କହିବାକୁ ଲାଗିଲେ, ଆଜି ଧର୍ମଶାସ୍ତ୍ରର ଏହି ବାକ୍ୟ ତୁମ୍ଭମାନଙ୍କ କର୍ଣ୍ଣଗୋଚରରେ ସଫଳ ହେଲା ।

ଆଉ, ସମସ୍ତେ ତାହାଙ୍କ ସମ୍ବନ୍ଧରେ ସାକ୍ଷ୍ୟ ଦେବାକୁ ଲାଗିଲେ ଓ ତାହାଙ୍କ ମୁଖନିର୍ଗତ ଅନୁଗ୍ରହର ବାକ୍ୟରେ ଚମତ୍କୃତ ହେଲେ । —ଲୂକ ୪:୧୪-୨୨(କ)

## ଯୀଶୁ ମନ୍ଦିର ପରିଷ୍କାର କରନ୍ତି

ତାହା ପରେ ସେମାନେ ଯିରୂଶାଲମକୁ ଆସିଲେ, ଆଉ ସେ ମନ୍ଦିରରେ ପ୍ରବେଶ କରି ସେସ୍ଥାନରେ କ୍ରୟବିକ୍ରୟ କରୁଥିବା ଲୋକମାନଙ୍କୁ ବାହାର କରିଦେବାକୁ ଲାଗିଲେ, ପୁଣି ମୁଦ୍ରା ବ୍ୟବସାୟୀମାନଙ୍କର ମେଜ ଓ କାପ୍ତା ବ୍ୟବସାୟୀମାନଙ୍କର ଆସନ ଓଲଟାଇ ପକାଇଲେ, ପୁଣି ସେ ସେମାନଙ୍କୁ ଶିକ୍ଷା ଦେଉ ଦେଉ କହିଲେ, ଏହା କଅଣ ଲେଖା ନାହିଁ, ଆମ୍ଭର ଗୃହ ସମସ୍ତ  ଜାତି ନିମନ୍ତେ ପ୍ରାର୍ଥନାଗୃହ ବୋଲି ବିଖ୍ୟାତ ହେବ ? କିନ୍ତୁ ତୁମ୍ଭେମାନେ ତାହାକୁ 'ଦସ୍ୟୁମାନଙ୍କ ଗହ୍ୱର' କରିଅଛ ।

–ମାର୍କ ୧୧:୧୫, ୧୭

## ଯୀଶୁ ପାପ ବିଷୟରେ ଶିକ୍ଷା ଦିଅନ୍ତି

ସେହି ପ୍ରକାରେ ତୁମ୍ଭେମାନେ ମଧ୍ୟ ବାହାରେ ଲୋକଙ୍କ ଦୃଷ୍ଟିରେ ଧାର୍ମିକ ଦେଖାଯାଅ, କିନ୍ତୁ ଭିତରେ କପଟ ଓ ଅଧର୍ମରେ ପରିପୂର୍ଣ୍ଣ ।

–ମାଥିଉ ୨୩:୨୮

କିନ୍ତୁ ମୁଖରୁ ଯାହାସବୁ ନିର୍ଗତ ହୁଏ, ତାହା ହୃଦୟରୁ ବାହାରେ ଓ ତାହା ହିଁ ମନୁଷ୍ୟକୁ ଅଶୁଚି କରେ । କାରଣ ହୃଦୟରୁ କୁଚିନ୍ତା, ନରହତ୍ୟା, ବ୍ୟଭିଚାର, ବେଶ୍ୟାଗମନ, ଚୌର୍ଯ୍ୟ, ମିଥ୍ୟାସାକ୍ଷ୍ୟ ଓ ନିନ୍ଦା ବାହାରେ ।

–ମାଥିଉ ୧୫:୧୮–୧୯

ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଯେକେହି ପାପ କରେ, ସେ ପାପର ଦାସ । ଅତଏବ, ପୁତ୍ର ଯଦି ତୁମ୍ଭମାନଙ୍କୁ ମୁକ୍ତ କରିବେ, ତାହା ହେଲେ ତୁମ୍ଭେମାନେ ପ୍ରକୃତରେ ମୁକ୍ତ ହେବ ।

–ଯୋହନ ୮:୩୪, ୩୬

ଯୀଶୁ ତାଙ୍କୁ ଉତ୍ତର ଦେଲେ, ସତ୍ୟ ସତ୍ୟ ମୁଁ ତୁମ୍ଭକୁ କହୁଅଛି, ପୁନର୍ବାର ଜନ୍ମ ନ ହେଲେ କେହି ଈଶ୍ୱରଙ୍କ ରାଜ୍ୟ ଦେଖି ପାରେ ନାହିଁ ।

ତୁମ୍ଭମାନଙ୍କୁ ଅବଶ୍ୟ ପୁନର୍ବାର ଜନ୍ମିବାକୁ ହେବ ବୋଲି ମୁଁ ଯେ ତୁମ୍ଭକୁ କହିଲି, ଏଥିରେ ଚମତ୍କୃତ ହୁଅ ନାହିଁ ।

କାରଣ ଈଶ୍ୱର ଜଗତକୁ ଏଡ଼େ ପ୍ରେମ କଲେ ଯେ, ସେ ଆପଣା ଅଦ୍ୱିତୀୟ ପୁତ୍ରଙ୍କୁ ଦାନ କଲେ, ଯେପରି ଯେକେହି ତାହାଙ୍କଠାରେ ବିଶ୍ୱାସ କରେ, ସେ ବିନଷ୍ଟ ନ ହୋଇ ଅନନ୍ତ ଜୀବନ ପ୍ରାପ୍ତ ହୁଏ । –ଯୋହନ ୩:୩, ୭, ୧୬

ସେମାନେ ଯେପରି ଜୀବନ ପାଆନ୍ତି ଓ ପ୍ରଚୁର ଭାବରେ ପାଆନ୍ତି, ଏଥିନିମନ୍ତେ ମୁଁ ଆସିଅଛି ।

–ଯୋହନ ୧୦:୧୦ (ଖ)

ଆଉ, ଏକମାତ୍ର ସତ୍ୟ ଈଶ୍ୱର ଯେ ତୁମ୍ଭେ, ତୁମ୍ଭକୁ ଓ ତୁମ୍ଭର ପ୍ରେରିତ ଯୀଶୁ ଖ୍ରୀଷ୍ଟଙ୍କୁ ଜାଣିବା ଅନନ୍ତ ଜୀବନ ଅଟେ ।

–ଯୋହନ ୧୭:୩

ଯେଣୁ ପିତା ଯେପ୍ରକାରେ ମୃତମାନଙ୍କୁ ଉତ୍‌ଥାପନ କରି ସଜୀବ କରନ୍ତି, ସେହି ପ୍ରକାରେ ପୁତ୍ର ମଧ୍ୟ ଯାହା ଯାହାକୁ ଇଚ୍ଛା, ସେମାନଙ୍କୁ ସଜୀବ କରନ୍ତି । ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଯେ ମୋହର ବାକ୍ୟ ଶୁଣି ମୋହର ପ୍ରେରଣକର୍ତ୍ତାଙ୍କୁ ବିଶ୍ୱାସ କରେ, ସେ ଅନନ୍ତ ଜୀବନ ପ୍ରାପ୍ତ ହୋଇଅଛି, ପୁଣି ସେ ବିଚାରିତ ନ ହୋଇ ବରଂ ମୃତ୍ୟୁକୁ ଅତିକ୍ରମ କରି ଜୀବନରେ ପ୍ରବେଶ କରିଅଛି ।

–ଯୋହନ ୫:୨୧, ୨୪

ଏଣୁ ଯଦି କେହି ଖ୍ରୀଷ୍ଟଙ୍କଠାରେ ଅଛି, ତେବେ ସେ ନୂତନ ସୃଷ୍ଟି ହୋଇଅଛି, ପୁରାତନ ବିଷୟସବୁ ଲୋପ ପାଇଅଛି, ଦେଖ, ନୂତନ ବିଷୟସବୁ ହୋଇଅଛି ।–୨ କରିନ୍ଥୀୟ ୫:୧୭

ତେଣୁ ସେ ଯାଇ ଯାକୁବ ଆପଣା ପୁତ୍ର ଯୋସେଫଙ୍କୁ ଯେଉଁ ଭୂମିଖଣ୍ଡିକ ଦାନ କରିଥିଲେ, ...ସେହି ସ୍ଥାନରେ ଯାକୁବଙ୍କ କୂପ ଥିଲା । ଅତଏବ, ଯୀଶୁ ପଥଶ୍ରାନ୍ତ ହୋଇଥିବାରୁ ସେହି କୂପ ନିକଟରେ ବସିପଡ଼ିଲେ । ସେତେବେଳେ ସନ୍ଧ୍ୟା ପ୍ରାୟ ଛଅ ଘଣ୍ଟା ହୋଇଥିଲା । ଆଉ, ଜଣେ ଶମିରୋଣୀୟା ସ୍ତ୍ରୀ ପାଣି କାଢ଼ିବା ନିମନ୍ତେ ଆସିଲା । ଯୀଶୁ ତାହାକୁ କହିଲେ, ମୋତେ ପିଇବାକୁ ଦିଅ । କାରଣ ତାହାଙ୍କର ଶିଷ୍ୟମାନେ ଖାଦ୍ୟ କିଣିବା ନିମନ୍ତେ ନଗରକୁ ଯାଇଥିଲେ । ସେଥିରେ ଶମିରୋଣୀୟା ସ୍ତ୍ରୀ ତାହାଙ୍କୁ କହିଲା, ଆପଣ ଜଣେ ଯିହୂଦୀ ହୋଇ କିପରି ଶମିରୋଣୀୟା ସ୍ତ୍ରୀ ଯେ ମୁଁ, ମୋ' ହାତରୁ ପିଇବାକୁ ମାଗୁଅଛନ୍ତି ? କାରଣ ଶମିରୋଣୀୟମାନଙ୍କ ସହିତ ଯିହୂଦୀମାନଙ୍କର ବ୍ୟବହାର ନାହିଁ । ଯୀଶୁ ତାହାକୁ ଉତ୍ତର ଦେଲେ, ଈଶ୍ୱରଙ୍କ ଦାନ ଓ ମୋତେ ପିଇବାକୁ ଦିଅ ବୋଲି ଯେ ତୁମ୍ଭକୁ କହୁଅଛନ୍ତି, ସେ କିଏ, ଏହା ଯେବେ ଜାଣିଥାଆନ୍ତ, ତାହାହେଲେ ତୁମ୍ଭେ ତାହାଙ୍କୁ ମାଗିଥାଆନ୍ତ, ଆଉ ସେ ତୁମ୍ଭକୁ ଜୀବନ୍ତ ଜଳ ଦେଇଥାଆନ୍ତେ ।

ଯୀଶୁ ତାହାକୁ ଉତ୍ତର ଦେଲେ, ଯେକେହି ଏହି ଜଳ ପାନ କରେ, ସେ ପୁନର୍ବାର ତୃଷିତ ହେବ, କିନ୍ତୁ ମୁଁ ଯେଉଁ ଜଳ ଦେବି, ତାହା ଯେକେହି ପାନ କରିବ, ସେ କେବେ ହେଁ ତୃଷାର୍ତ୍ତ ହେବ ନାହିଁ, ବରଂ ମୁଁ ତାହାକୁ ଯେଉଁ ଜଳ ଦେବି, ତାହା ଅନନ୍ତ ଜୀବନଦାୟକ..

-ଯୋହନ ୪:୫-୧୦, ୧୩-୧୪

ଯୀଶୁ ଠିଆ ହୋଇ ଉଚ୍ଚ ସ୍ୱରରେ କହିଲେ, କେହି ଯଦି ତୃଷିତ ହୁଏ, ତେବେ ସେ ମୋ' ନିକଟକୁ ଆସି ପାନ କରୁ । ଯେ ମୋ'ଠାରେ ବିଶ୍ୱାସ କରେ, ଧର୍ମଶାସ୍ତ୍ରର ଉକ୍ତି ପ୍ରମାଣେ ତାହାର ଅନ୍ତରରୁ ଜୀବନ୍ତ ଜଳସ୍ରୋତ...ହେଉଥିବ । ତାହାଙ୍କଠାରେ ବିଶ୍ୱାସକାରୀମାନେ ଯେଉଁ ଆତ୍ମା ପାଇବାକୁ ଯାଉଥିଲେ, ତାହାଙ୍କ ବିଷୟରେ ସେ ଏହା କହିଲେ ।-ଯୋହନ ୭:୩୭(ଖ)-୩୯(କ)

ଏଣୁ ଯେକେହି ମୋହର ଏହିସମସ୍ତ କଥା ଶୁଣେ ଓ ପାଳନ କରେ, ସେ ପାଷାଣ ଉପରେ ଗୃହ ନିର୍ମାଣକାରୀ ଜଣେ ବୁଦ୍ଧିମାନ୍ ଲୋକ ସଦୃଶ ହେବ । ବୃଷ୍ଟି ହେଲା, ବଢ଼ି ଆସିଲା, ପୁଣି ବତାସ ବହିଲା ଓ ସେହି ଘରକୁ ଧକ୍କା ମାରିଲା, ଆଉ ତାହା ପଡ଼ିଲା ନାହିଁ, କାରଣ ପଥର ଉପରେ ତାହାର ମୂଳଦୁଆ ଥିଲା ।

ଆଉ, ଯେକେହି ମୋର ଏହିସମସ୍ତ କଥା ଶୁଣି ପାଳନ କରେ ନାହିଁ, ସେ ବାଲୁକା ଉପରେ ଗୃହ ନିର୍ମାଣକାରୀ ଜଣେ ମୂର୍ଖଲୋକ ସଦୃଶ ହେବ । ବୃଷ୍ଟି ହେଲା, ବଢ଼ି ଆସିଲା, ପୁଣି ବତାସ ବହିଲା ଓ ସେହି ଘରକୁ ଧକ୍କା ମାରିଲା, ଆଉ ତାହା ପଡ଼ିଗଲା, ପୁଣି ତାହାର ପତନ ଭୟଙ୍କର ହେଲା ।

–ମାଥିଉ ୭:୨୪–୨୭

ତୁମ୍ଭମାନଙ୍କ ମଧ୍ୟରେ ଏପରି କେଉଁ ଲୋକ ଅଛି ଯେ, ତାହାର ଯଦି ଶଏ ମେଣ୍ଢା ଥାଏ, ଆଉ ସେମାନଙ୍କ ମଧ୍ୟରୁ ଗୋଟିଏ ହଜିଯାଏ, ତେବେ ସେ ଅନେଶ୍ୱତଙ୍କୁ ପ୍ରାନ୍ତରରେ ଛାଡ଼ି ସେହି ହଜିଥିବା ମେଣ୍ଢାଟି ନ ପାଇବା ପର୍ଯ୍ୟନ୍ତ ତାହାକୁ ଖୋଜେ ନାହିଁ ? ପୁଣି, ପାଇଲେ ସେ ତାହାକୁ ଆନନ୍ଦରେ କାନ୍ଧେଇ ଘରକୁ ଘେନିଆସେ, ପୁଣି ଆପଣା ବନ୍ଧୁ ଓ ପ୍ରତିବାସୀମାନଙ୍କୁ ଡାକି ଏକତ୍ର କରି ସେମାନଙ୍କୁ କହେ, ମୋ' ସାଙ୍ଗରେ ଆନନ୍ଦ କର, ଯେଣୁ ମୋହର ହଜିଯାଇଥିବା ମେଣ୍ଢାଟି ପାଇଲି । ମୁଁ ତୁମ୍ଭମାନଙ୍କୁ କହୁଅଛି, ସେହିପ୍ରକାରେ ଯେଉଁମାନଙ୍କର ମନପରିବର୍ତ୍ତନ କରିବାର ପ୍ରୟୋଜନ ନାହିଁ, ଏପରି ଅନେଶ୍ୱତ ଧାର୍ମିକ ଲୋକମାନଙ୍କ ଅପେକ୍ଷା, ଯେ ମନ ପରିବର୍ତ୍ତନ କରେ, ଏପରି ଜଣେ ପାପୀର ନିମନ୍ତେ ସ୍ୱର୍ଗରେ ଅଧିକ ଆନନ୍ଦ ହେବ ।

–ଲୂକ ୧୫:୪–୭

## କିଭଳି ଆଶୀର୍ବାଦପ୍ରାପ୍ତ ହେବ, ଯୀଶୁ ତାହା ଶିକ୍ଷା ଦିଅନ୍ତି

ଲୋକସମୂହ ଦେଖି ସେ ପର୍ବତ ଆରୋହଣ କଲେ, ପୁଣି ଉପବେଶନ କଲା ଉତ୍ତାରେ ତାହାଙ୍କ ଶିଷ୍ୟମାନେ ତାହାଙ୍କ ଛାମୁକୁ ଆସିଲେ । ସେଥିରେ ସେ ମୁଖ ଫିଟାଇ, ସେମାନଙ୍କୁ ଶିକ୍ଷା ଦେଇ କହିବାକୁ ଲାଗିଲେ, ଆତ୍ମାରେ ଦୀନହୀନ ଲୋକେ ଧନ୍ୟ, କାରଣ ସ୍ୱର୍ଗରାଜ୍ୟ ସେମାନଙ୍କର । ଶୋକାର୍ତ୍ତ ଲୋକେ ଧନ୍ୟ, କାରଣ ସେମାନେ ସାନ୍ତ୍ୱନାପ୍ରାପ୍ତ ହେବେ । ନମ୍ର ଲୋକେ ଧନ୍ୟ, କାରଣ ସେମାନେ ପୃଥିବୀର ଅଧିକାରୀ ହେବେ । ଧାର୍ମିକତା ନିମନ୍ତେ କ୍ଷୁଧିତ ଓ ତୃଷିତ ଲୋକେ ଧନ୍ୟ, କାରଣ ସେମାନେ ପରିତୃପ୍ତ ହେବେ । ଦୟାଳୁ ଲୋକେ ଧନ୍ୟ, କାରଣ ସେମାନେ ଦୟାପ୍ରାପ୍ତ ହେବେ । ଶୁଦ୍ଧଚିତ୍ତ ଲୋକେ ଧନ୍ୟ, କାରଣ ସେମାନେ ଈଶ୍ୱରଙ୍କ ଦର୍ଶନ ପାଇବେ । ଶାନ୍ତିକାରକ ଲୋକେ ଧନ୍ୟ, କାରଣ ସେମାନେ ଈଶ୍ୱରଙ୍କ ସନ୍ତାନ ବୋଲି ଖ୍ୟାତ ହେବେ । ଧାର୍ମିକତା ନିମନ୍ତେ ତାଡ଼ନାପ୍ରାପ୍ତ ଲୋକେ ଧନ୍ୟ, କାରଣ ସ୍ୱର୍ଗରାଜ୍ୟ ସେମାନଙ୍କର । ଲୋକେ ଯେବେ ତୁମ୍ଭମାନଙ୍କୁ ମୋʼ ସକାଶେ ନିନ୍ଦା ଓ ତାଡ଼ନା କରନ୍ତି, ପୁଣି ମିଥ୍ୟାରେ ତୁମ୍ଭମାନଙ୍କ ବିରୁଦ୍ଧରେ ସମସ୍ତ ପ୍ରକାର ମନ୍ଦ କଥା କହନ୍ତି, ତେବେ ତୁମ୍ଭେମାନେ ଧନ୍ୟ । ଆନନ୍ଦ କର ଓ ଉଲ୍ଲସିତ ହୁଅ, କାରଣ ସ୍ୱର୍ଗରେ ତୁମ୍ଭମାନଙ୍କର ପୁରସ୍କାର ପ୍ରଚୁର ।

–ମାଥିଉ ୫:୧–୧୨(କ)

ଯେଉଁମାନେ ଈଶ୍ୱରଙ୍କ ବାକ୍ୟ ଶୁଣନ୍ତି ଓ ପାଳନ କରନ୍ତି, ବରଞ୍ଚ ସେହିମାନେ ଧନ୍ୟ । –ଲୂକ ୧୧:୨୮(ଖ)

ଯେଉଁମାନେ ନ ଦେଖି ବିଶ୍ୱାସ କରିଅଛନ୍ତି, ସେମାନେ ଧନ୍ୟ । –ଯୋହନ ୨୦:୨୯(ଖ)

ଆଉ, ଯେକେହି ମୋʼଠାରେ ବିଘ୍ନର କାରଣ ନ ପାଏ, ସେ ଧନ୍ୟ । –ଲୂକ ୭:୨୩

କ୍ଳାନ୍ତ ନ ହୋଇ ସର୍ବଦା ପ୍ରାର୍ଥନା କରିବା ଯେ କର୍ତ୍ତବ୍ୟ, ଏ ବିଷୟରେ ସେ ସେମାନଙ୍କୁ ଦୃଷ୍ଟାନ୍ତ ଦେଇ କହିଲେ ।

–ଲୂକ ୧୮:୧

ଦୁଇ ଜଣ ଲୋକ ପ୍ରାର୍ଥନା କରିବା ନିମନ୍ତେ ମନ୍ଦିରକୁ ଗଲେ, ଜଣେ ଫାରୂଶୀ ଓ ଅନ୍ୟ ଜଣକ କରଗ୍ରାହୀ । ଫାରୂଶୀ ଦଣ୍ଡାୟମାନ ହୋଇ ଆପଣା ନିକଟରେ ଏହି ପ୍ରକାର ପ୍ରାର୍ଥନା କରିବାକୁ ଲାଗିଲା, ହେ ଈଶ୍ୱର, ମୁଁ ତୁମ୍ଭକୁ ଧନ୍ୟବାଦ ଦେଉଅଛି ଯେ, ମୁଁ ଅନ୍ୟ ସମସ୍ତ ଲୋକଙ୍କ ପରି ଅତ୍ୟାଚାରୀ, ଅଧାର୍ମିକ, ବ୍ୟଭିଚାରୀ କିମ୍ବା ଏହି କରଗ୍ରାହୀ ପରି ସୁଦ୍ଧା ନୁହେଁ, ମୁଁ ସପ୍ତାହରେ ଦୁଇ ଥର ଉପବାସ କରିଥାଏ ଓ ମୋହର ସମସ୍ତ ଆୟର ଦଶମାଂଶ ଦାନ କରିଥାଏ । କିନ୍ତୁ କରଗ୍ରାହୀ ଦୂରରେ ଠିଆ ହୋଇ ସ୍ୱର୍ଗଆଡ଼େ ଊର୍ଦ୍ଧ୍ୱଦୃଷ୍ଟି କରିବାକୁ ସୁଦ୍ଧା ସାହସ କଲା ନାହିଁ, କିନ୍ତୁ ଆପଣା ଛାତିରେ ମାରିହୋଇ କହିବାକୁ ଲାଗିଲା, ହେ ଈଶ୍ୱର, ମୁଁ ପାପୀ, ମୋତେ ଦୟା କର । ମୁଁ ତୁମ୍ଭମାନଙ୍କୁ କହୁଅଛି, ସେ ଲୋକ ନୁହେଁ, ବରଂ ଏହି ଲୋକ ଧାର୍ମିକ ଗଣିତ ହୋଇ ଆପଣା ଗୃହକୁ ଚାଲିଗଲା, କାରଣ ଯେକେହି ଆପଣାକୁ ଉନ୍ନତ ବୋଲି ଦେଖାଏ, ତାହାକୁ ନତ କରାଯିବ, କିନ୍ତୁ ଯେ ଆପଣାକୁ ନତ କରେ, ତାହାକୁ ଉନ୍ନତ କରାଯିବ ।

–ଲୂକ ୧୮:୧୦–୧୪

ପୃଥିବୀରେ ତୁମ୍ଭମାନଙ୍କ ମଧ୍ୟରୁ ଦୁଇ ଜଣ ଯେକୌଣସି ବିଷୟରେ ଏକମନା ହୋଇ ଯାହା କିଛି ମାଗିବେ, ତାହା ମୋହର ସ୍ୱର୍ଗସ୍ଥ ପିତାଙ୍କ କର୍ତ୍ତୃକ ସେମାନଙ୍କ ପ୍ରତି ଘଟିବ । କାରଣ ଯେଉଁ ସ୍ଥାନରେ ଦୁଇ କି ତିନି ଜଣ ମୋ' ନାମରେ ଏକତ୍ର ହୁଅନ୍ତି, ସେହି ସ୍ଥାନରେ ମୁଁ ସେମାନଙ୍କ ମଧ୍ୟରେ ଉପସ୍ଥିତ ଅଛି ।

–ମାଥିଉ ୧୮:୧୯(ଖ)–୨୦

ସେତେବେଳେ ଯୀଶୁ ଆପଣା ଶିଷ୍ୟମାନଙ୍କୁ କହିଲେ, କେହି ଯେବେ ମୋହର ଅନୁଗାମୀ ହେବାକୁ ଇଚ୍ଛା କରେ, ତେବେ ସେ ଆପଣାକୁ ଅସ୍ୱୀକାର କରୁ, ପୁଣି ଆପଣା କ୍ରୁଶ ଘେନି ମୋହର ଅନୁଗମନ କରୁ। କାରଣ ଯେ କେହି ଆପଣା ଜୀବନ ରକ୍ଷା କରିବାକୁ ଇଚ୍ଛା କରେ, ସେ ତାହା ହରାଇବ, କିନ୍ତୁ ଯେ କେହି ମୋ' ନିମନ୍ତେ ଆପଣା ଜୀବନ ହରାଇବ, ସେ ତାହା ପ୍ରାପ୍ତ ହେବ। ଆଉ, ମନୁଷ୍ୟ ଯେବେ ସମସ୍ତ ଜଗତ ଲାଭ କରି ଆପଣା ଜୀବନ ହରାଏ, ତେବେ ତାହାର କି ଲାଭ ହେବ ?

–ମାଥିଉ ୧୬:୨୪-୨୬ (କ)

ସେହିପ୍ରକାରେ ତୁମ୍ଭମାନଙ୍କ ମଧ୍ୟରୁ ଯେକେହି ଆପଣାର ସର୍ବସ୍ୱ ତ୍ୟାଗ ନ କରେ, ସେ ମୋହର ଶିଷ୍ୟ ହୋଇ ପାରେ ନାହିଁ ।

–ଲୂକ ୧୪:୩୩

ଯଦି ତୁମ୍ଭେମାନେ ମୋତେ ପ୍ରେମ କର, ତାହହେଲେ ମୋହର ଆଜ୍ଞାସବୁ ପାଳନ କରିବ ।

–ଯୋହନ ୧୪:୧୫

ମୁଁ ଯେପରି ତୁମ୍ଭମାନଙ୍କୁ ପ୍ରେମ କରିଅଛି, ତୁମ୍ଭେମାନେ ସେହିପରି ପରସ୍ପରକୁ ପ୍ରେମ କର, ଏହି ମୋହର ଆଜ୍ଞା ।

–ଯୋହନ ୧୫:୧୨

ଯଦି ତୁମ୍ଭମାନଙ୍କର ପରସ୍ପର ପ୍ରତି ପ୍ରେମ ଥାଏ, ତାହାହେଲେ ତୁମ୍ଭେମାନେ ଯେ ମୋହର ଶିଷ୍ୟ, ଏହା ସମସ୍ତେ ତଦ୍ଵାରା ଜ୍ଞାତ ହେବେ ।

–ଯୋହନ ୧୩:୩୫

ଅତଏବ, ଯୀଶୁ ତାହାଙ୍କୁ ବିଶ୍ୱାସ କରିଥିବା ଯିହୂଦୀମାନଙ୍କୁ କହିଲେ, ଯଦି ତୁମ୍ଭେମାନେ ମୋହର ବାକ୍ୟରେ ସ୍ଥିର ହୋଇ ରହିବ, ତେବେ ତୁମ୍ଭେମାନେ ପ୍ରକୃତରେ ମୋହର ଶିଷ୍ୟ ।

–ଯୋହନ ୮:୩୧

ତୁମ୍ଭେମାନେ ପ୍ରଚୁର ଫଳ ଫଳିଲେ ମୋହର ପିତା ମହିମାନ୍ୱିତ ହେବେ, ଆଉ ତୁମ୍ଭେମାନେ ମୋହର ପ୍ରକୃତ ଶିଷ୍ୟ ହେବ ।

–ଯୋହନ ୧୫:୮

ମୋତେ ପ୍ରଭୁ, ପ୍ରଭୁ ବୋଲି ଡାକନ୍ତି, ଏପରି ପ୍ରତ୍ୟେକେ ସ୍ୱର୍ଗରାଜ୍ୟରେ ପ୍ରବେଶ କରିବେ ନାହିଁ, ମାତ୍ର ଯେ ମୋହର ସ୍ୱର୍ଗସ୍ଥ ପିତାଙ୍କ ଇଚ୍ଛା ସାଧନ କରେ, ସେ ପ୍ରବେଶ କରିବ ।

–ମାଥିଉ ୭:୨୧

ତୁମ୍ଭେମାନେ ଫେରି ସାନ ପିଲାଙ୍କ ପରି ନ ହେଲେ କୌଣସି ପ୍ରକାରେ ସ୍ୱର୍ଗରାଜ୍ୟରେ ପ୍ରବେଶ କରିବ ନାହିଁ ।

–ମାଥିଉ ୧୮:୩(ଖ)

ସଂକୀର୍ଣ୍ଣ ଦ୍ୱାର ଦେଇ ପ୍ରବେଶ କର କାରଣ ସର୍ବନାଶକୁ ଘେନିଯିବା ଦ୍ୱାର ଓସାର ଓ ପଥ ପ୍ରଶସ୍ତ, ପୁଣି ତାହା ଦେଇ ପ୍ରବେଶ କରିବା ଲୋକେ ଅନେକ । ଆଉ, ଜୀବନକୁ ଘେନିଯିବା ଦ୍ୱାର ସଂକୀର୍ଣ୍ଣ ଓ ପଥ ଦୁର୍ଗମ, ପୁଣି ତାହାର ସନ୍ଧାନ ପାଇବା ଲୋକେ ଅଳ୍ପ ।–ମାଥିଉ ୭:୧୩–୧୪

ଯୁଗାନ୍ତ ସମୟରେ ସେହିପରି ଘଟିବ; ଦୂତମାନେ ବାହାରିଆସି ଧାର୍ମିକମାନଙ୍କ ମଧ୍ୟରୁ ଦୁଷ୍ଟମାନଙ୍କୁ ବିଭିନ୍ନ କରିବେ, ପୁଣି ସେମାନଙ୍କୁ ଅଗ୍ନିକୁଣ୍ଡରେ ପକାଇଦେବେ; ସେଠାରେ ରୋଦନ ଓ ଦନ୍ତର କିଡ଼ିମିଡ଼ି ହେବ ।

–ମାଥିଉ ୧୩:୪୯–୫୦

ତୁମ୍ଭମାନଙ୍କ ହୃଦୟ ଉଦ୍‌ବିଗ୍ନ ନ ହେଉ, ତୁମ୍ଭେମାନେ ଈଶ୍ୱରଙ୍କଠାରେ ବିଶ୍ୱାସ କର, ମୋ'ଠାରେ ମଧ୍ୟ ବିଶ୍ୱାସ କର । ମୋହର ପିତାଙ୍କ ଗୃହରେ ଅନେକ ବାସସ୍ଥାନ ଅଛି, ଯଦି ନ ଥାଆନ୍ତା, ତାହାହେଲେ ମୁଁ ତୁମ୍ଭମାନଙ୍କୁ କହିଥାଆନ୍ତି, ମୁଁ ତୁମ୍ଭମାନଙ୍କ ନିମନ୍ତେ ସ୍ଥାନ ପ୍ରସ୍ତୁତ କରିବାକୁ ଯାଉଅଛି, ପୁଣି ମୁଁ ଯାଇ ତୁମ୍ଭମାନଙ୍କ ନିମନ୍ତେ ସ୍ଥାନ ପ୍ରସ୍ତୁତ କଲେ ପୁନର୍ବାର ଆସିବି, ଆଉ ମୁଁ ଯେଉଁ ସ୍ଥାନରେ ଥାଏ, ତୁମ୍ଭେମାନେ ମଧ୍ୟ ଯେପରି ସେହି ସ୍ଥାନରେ ରହିବ, ସେଥିନିମନ୍ତେ ତୁମ୍ଭମାନଙ୍କୁ ଆପଣା ନିକଟକୁ ଘେନିଯିବି । –ଯୋହନ ୧୪:୧–୩

ମୁଁ ସ୍ୱର୍ଗରୁ ଅବତୀର୍ଣ୍ଣ ସେହି ଜୀବନ୍ତ ଆହାର, କେହି ଯଦି ଏହି ଆହାର ଭୋଜନ କରେ, ସେ ଅନନ୍ତ କାଳ ପର୍ଯ୍ୟନ୍ତ ଜୀବିତ ରହିବ, ହଁ, ମୁଁ ଯେଉଁ ଆହାର ଦେବି, ତାହା ମୋହର ମାଂସ, ମୁଁ ତାହା ଜଗତର ଜୀବନ ନିମନ୍ତେ ଦେବି ।

–ଯୋହନ ୬:୫୧

ମୁଁ ଦ୍ୱାର, ଯଦି କେହି ମୋ'ଦେଇ ପ୍ରବେଶ କରେ, ତାହାହେଲେ ସେ ରକ୍ଷା ପାଇବ ଏବଂ ଭିତରକୁ ଆସି ଓ ବାହାରକୁ ଯାଇ ଚରା ପାଇବ । ମୁଁ ଉତ୍ତମ ମେଷପାଳକ, ଉତ୍ତମ ମେଷପାଳକ ମେଷଗୁଡ଼ିକ ନିମନ୍ତେ ଆପଣା ପ୍ରାଣ ଦିଏ । –ଯୋହନ ୧୦:୯, ୧୧

ମୁଁ ପଥ, ସତ୍ୟ ଓ ଜୀବନ, ମୋ' ଦେଇ ନ ଗଲେ କେହି ପିତାଙ୍କ ନିକଟକୁ ଯାଏ ନାହିଁ । –ଯୋହନ ୧୪:୬ (ଖ)

ମୁଁ ଜଗତର ଜ୍ୟୋତିଃ, ଯେ ମୋହର ଅନୁଗମନ କରେ, ସେ କେବେ ହେଁ ଅନ୍ଧକାରରେ ଭ୍ରମଣ କରିବ ନାହିଁ, ବରଂ ଜୀବନର ଜ୍ୟୋତିଃ ପାଇବ । –ଯୋହନ ୮:୧୨(ଖ)

ମୁଁ ପୁନରୁତ୍‌ଥାନ ଓ ଜୀବନ, ଯେ ମୋ'ଠାରେ ବିଶ୍ୱାସ କରେ, ସେ ଯଦ୍ୟପି ମରେ, ତଥାପି ସେ ବଞ୍ଚିବ ।

–ଯୋହନ ୧୧:୨୫ (ଖ)

ତୁମ୍ଭେମାନେ ମୋତେ ଗୁରୁ ଓ ପ୍ରଭୁ ବୋଲି ଡାକୁଅଛ, ଆଉ ଯଥାର୍ଥ କହୁଅଛ, କାରଣ ମୁଁ ତ ସେହି ।

–ଯୋହନ ୧୩:୧୩

ସେଥିରେ ସମସ୍ତେ ପଚାରିଲେ, ତେବେ ତୁମ୍ଭେ କଅଣ ଈଶ୍ୱରଙ୍କ ପୁତ୍ର ? ସେ ସେମାନଙ୍କୁ କହିଲେ, ମୁଁ ସେହି ବୋଲି ଆପଣମାନେ କହୁଅଛନ୍ତି । –ଲୂକ ୨୨:୭୦

# ଅସୁସ୍ଥତା ଉପରେ ଯୀଶୁଙ୍କର ଶକ୍ତି ଅଛି

ଆଉ ଦେଖ, ଜଣେ କୁଷ୍ଠୀ ତାହାଙ୍କ ନିକଟକୁ ଆସି ପ୍ରଣାମ କରି କହିଲା, ହେ ପ୍ରଭୁ, ଆପଣ ଯଦି ଇଚ୍ଛା କରନ୍ତି, ତାହାହେଲେ ମୋତେ ଶୁଚି କରି ପାରନ୍ତି । ସେଥିରେ ସେ ହାତ ବଢ଼ାଇ ତାହାକୁ ଛୁଇଁ କହିଲେ, ମୁଁ ଇଚ୍ଛା କରୁଅଛି, ଶୁଚି ହୁଅ । ସେହିକ୍ଷଣି ସେ ଆପଣା କୁଷ୍ଠରୋଗରୁ ଶୁଚି ହେଲା ।

–ମାଥିଉ ୮:୨–୩

ଆଉ ଦେଖ, ଅଠର ବର୍ଷ ପର୍ଯ୍ୟନ୍ତ ଦୁର୍ବଳକାରୀ ଆତ୍ମା ଦ୍ୱାରା ଆବିଷ୍ଟ ଜଣେ ସ୍ତ୍ରୀଲୋକ ସେଠାରେ ଥିଲା, ସେ କୁବ୍‌ଜା ହୋଇ କୌଣସି ପ୍ରକାରେ ଆପଣାକୁ ସଳଖ କରିପାରୁ ନ ଥିଲା । ଯୀଶୁ ତାହାକୁ ଦେଖି ପାଖକୁ ଡାକି କହିଲେ, ହେ ନାରୀ, ତୁମ୍ଭର ଦୁର୍ବଳତାରୁ ମୁକ୍ତ ହେଲ । ଆଉ, ସେ ତାହା ଉପରେ ହାତ ଥୋଇଲେ, ସେଥିରେ ସେ ସେହିକ୍ଷଣି ସଳଖ ହୋଇ ଈଶ୍ୱରଙ୍କ ମହିମା କୀର୍ତ୍ତନ କରିବାକୁ ଲାଗିଲା ।

–ଲୂକ ୧୩:୧୧–୧୩

ପୁଣି, ବହୁସଂଖ୍ୟକ ଲୋକ ଖଞ୍ଜ, ପଙ୍ଗୁ, ଅନ୍ଧ, ମୂକ ଓ ଅନ୍ୟାନ୍ୟ ଅନେକଙ୍କୁ ସାଙ୍ଗରେ ଘେନି ତାହାଙ୍କ ଛାମୁକୁ ଆସିଲେ ଏବଂ ସେମାନଙ୍କୁ ତାହାଙ୍କ ପାଦ ତଳେ ଥୋଇ ଦେଲେ, ପୁଣି ସେ ସେମାନଙ୍କୁ ସୁସ୍ଥ କଲେ ।

–ମାଥିଉ ୧୫:୩୦

ଶିମୋନଙ୍କ ଶାଶୁ ଜ୍ୱରରେ ଶଯ୍ୟାଗତା ଥିଲେ, ଆଉ ସେମାନେ ସେହିକ୍ଷଣି ତାଙ୍କ କଥା ଯୀଶୁଙ୍କୁ ଜଣାଇଲେ । ସେଥିରେ ସେ ପାଖକୁ ଯାଇ ତାଙ୍କ ହସ୍ତ ଧରି ତାଙ୍କୁ ଉଠାଇଲେ, ଆଉ ତାଙ୍କୁ ଜ୍ୱର ଛାଡ଼ିଗଲା, ପୁଣି ସେ ସେମାନଙ୍କର ପରିଚର୍ଯ୍ୟା କରିବାକୁ ଲାଗିଲେ ।

–ମାର୍କ ୧:୩୦–୩୧

ପୁଣି, ସେ ଲୋକସମୂହକୁ ଘାସ ଉପରେ ବସିବା ପାଇଁ ଆଜ୍ଞା ଦେଲେ, ଆଉ ସେ ସେହି ପାଞ୍ଚୋଟି ରୋଟୀ ଓ ଦୁଇଟି ମାଛ ଘେନି ସ୍ୱର୍ଗ ଆଡ଼େ ଊର୍ଦ୍ଧ୍ୱଦୃଷ୍ଟି କରି ଆଶୀର୍ବାଦ କଲେ ଏବଂ ରୋଟୀଗୁଡ଼ିକ ଭାଙ୍ଗି ଶିଷ୍ୟମାନଙ୍କୁ ଦେଲେ, ଆଉ ଶିଷ୍ୟମାନେ ଲୋକସମୂହକୁ ଦେଲେ । ପୁଣି, ସମସ୍ତେ ଭୋଜନ କରି ତୃପ୍ତ ହେଲେ ଓ ଭଙ୍ଗା ରୋଟୀରୁ ଯାହା ବଳିଲା, ତାହା ସେମାନେ ଉଠାଇ ବାର ଟୋକାଇ ଭର୍ତ୍ତି କଲେ । ଭୋଜନ କରିବା ଲୋକେ, ସ୍ତ୍ରୀ ଓ ପିଲାମାନଙ୍କ ଛଡ଼ା, ପ୍ରାୟ ପାଞ୍ଚହଜାର ପୁରୁଷ ଥିଲେ ।

–ମାଥିଉ ୧୪:୧୯–୨୧

କିନ୍ତୁ ରାତ୍ରିର ଚତୁର୍ଥ ପ୍ରହରରେ ସେ ସମୁଦ୍ର ଉପରେ ଚାଲି ସେମାନଙ୍କ ପାଖକୁ ଆସିଲେ, ପୁଣି ଶିଷ୍ୟମାନେ ତାହାଙ୍କୁ ସମୁଦ୍ର ଉପରେ ଚାଲିବାର ଦେଖି ଉଦ୍‌ବିଗ୍ନ ହୋଇ କହିଲେ, ଏ ତ ଭୂତ, ଆଉ, ସେମାନେ ଭୟରେ ଚିତ୍କାର କଲେ । କିନ୍ତୁ ଯୀଶୁ ସେହିକ୍ଷଣି ସେମାନଙ୍କ ସହିତ କଥାବାର୍ତ୍ତା କରି କହିଲେ, ସାହସ ଧର, ଏ ତ ମୁଁ, ଭୟ କର ନାହିଁ ।

–ମାଥିଉ ୧୪:୨୫–୨୭

ଆଉ, ପ୍ରବଳ ତୋଫାନ ହେଲା, ପୁଣି ତରଙ୍ଗର ଆଘାତରେ ନୌକା ଜଳରେ ପୂର୍ଣ୍ଣ ହେବାକୁ ଲାଗିଲା । ସେତେବେଳେ ସେ ନୌକାର ପଛ ମଙ୍ଗରେ ମୁଚୁଳାରେ ମୁଣ୍ଡ ଦେଇ ଶୋଇପଡ଼ିଥିଲେ, ଆଉ, ସେମାନେ ତାହାଙ୍କୁ ଉଠାଇ କହିଲେ, ହେ ଗୁରୁ, ଆମେ ମଲୁ, ଆପଣଙ୍କର କଅଣ ଚିନ୍ତା ନାହିଁ ? ଏଥିରେ ସେ ଉଠି ପବନକୁ ଧମକ ଦେଇ ସମୁଦ୍ରକୁ କହିଲେ, ତୁନି ହ, ଚୁପ୍ କର୍ । ସେଥିରେ ପବନ ବନ୍ଦ ହେଲା ଓ ସବୁ ଧୀରସ୍ଥିର ହେଲା ।

–ମାର୍କ ୪:୩୭–୩୯

## ପାପ କ୍ଷମା କରିବାକୁ ଯୀଶୁଙ୍କର ଶକ୍ତି ଅଛି

କିନ୍ତୁ ପୃଥିବୀରେ ପାପ କ୍ଷମା କରିବାକୁ ମନୁଷ୍ୟପୁତ୍ରଙ୍କର ଯେ ଅଧିକାର ଅଛି, ଏହା ଯେପରି ତୁମ୍ଭେମାନେ ଜାଣିପାର, ଏଥିପାଇଁ ସେ ପକ୍ଷାଘାତ ରୋଗୀକି କହିଲେ ଉଠ, ନିଜ ଖଟିଆ ଘେନି ଆପଣା ଘରକୁ ଚାଲିଯାଅ । ସେଥିରେ ସେ ଉଠି ଆପଣା ଘରକୁ ଚାଲିଗଲା । –ମାଥିଉ ୯:୬–୭

ଆଉ, ସେ ସେହି ସ୍ତ୍ରୀକି କହିଲେ, ତୋହର ପାପସବୁ କ୍ଷମା ହୋଇଅଛି । ସେଥିରେ ତାହାଙ୍କ ସାଙ୍ଗରେ ଭୋଜରେ ବସିଥିବା ଲୋକମାନେ ମନେ ମନେ କହିବାକୁ ଲାଗିଲେ, ପାପ ସୁଦ୍ଧା କ୍ଷମା କରୁଅଛି ଯେ, ଏ କିଏ ?

–ଲୂକ ୭:୪୮–୪୯

ଅତଏବ, ହେ ଭାଇମାନେ, ଆପଣମାନେ ଏହା ଅବଗତ ହେଉନ୍ତୁ, ଏହି ବ୍ୟକ୍ତିଙ୍କ ଦ୍ୱାରା ଆପଣମାନଙ୍କ ନିକଟରେ ପାପମୋଚନ ପ୍ରଚାର କରାଯାଉଛି, ପୁଣି, ମୋଶାଙ୍କ ବ୍ୟବସ୍ଥା ଦ୍ୱାରା ଯେସମସ୍ତ ବିଷୟରୁ ଆପଣମାନେ ମୁକ୍ତ ହୋଇ ଧାର୍ମିକ ଗଣିତ ହୋଇ ପାରିବେ ନାହିଁ, ବିଶ୍ୱାସକାରୀ ପ୍ରତ୍ୟେକ ଲୋକ ତାହାଙ୍କ ଦ୍ୱାରା ସେହି ସମସ୍ତ ବିଷୟରୁ ମୁକ୍ତ ହୋଇ ଧାର୍ମିକ ଗଣିତ ହୁଅନ୍ତି । –ପ୍ରେରିତ ୧୩:୩୮–୩୯

ତାହାଙ୍କ ଅନୁଗ୍ରହରୂପ ନିଧି ଅନୁସାରେ ଆମ୍ଭେମାନେ ସେହି ପ୍ରିୟତମଙ୍କଠାରେ ତାହାଙ୍କ ରକ୍ତ ଦ୍ୱାରା ମୁକ୍ତି, ଅର୍ଥାତ୍ ଅପରାଧସବୁର କ୍ଷମା ପ୍ରାପ୍ତ ହୋଇଅଛୁ ।

–ଏଫିସୀୟ ୧:୭

ଯଦି ଆମ୍ଭେମାନେ ଆପଣା ଆପଣା ପାପ ସ୍ୱୀକାର କରୁ, ତେବେ ସେ ଆମ୍ଭମାନଙ୍କର ପାପ କ୍ଷମା କରିବାକୁ ଓ ସମସ୍ତ ଅଧର୍ମରୁ ଆମ୍ଭମାନଙ୍କୁ ପରିଷ୍କାର କରିବାକୁ ବିଶ୍ୱସ୍ତ ଓ ନ୍ୟାୟବାନ୍ ଅଟନ୍ତି । –୧ ଯୋହନ ୧:୯

# ଅଶୁଚି ଭୂତାତ୍ମା ଉପରେ ଯୀଶୁଙ୍କର ଶକ୍ତି ଅଛି

ଦିନେ ସମାଜଗୃହରେ ଜଣେ ଅଶୁଚି ଭୂତାତ୍ମାବିଷ୍ଟ ଲୋକ ଥିଲା, ସେ ଉଚ୍ଚ ସ୍ୱରରେ ଚିତ୍କାର କଲା, ଆଃ, ନାଜରିତୀୟ ଯୀଶୁ, ତୁମ୍ଭ ସାଙ୍ଗରେ ଆମ୍ଭମାନଙ୍କର କଅଣ ଅଛି ? ତୁମ୍ଭେ କି ଆମ୍ଭମାନଙ୍କୁ ବିନାଶ କରିବାକୁ ଆସିଲ ? ତୁମ୍ଭେ କିଏ, ତାହା ମୁଁ ଜାଣେ, ତୁମ୍ଭେ ଈଶ୍ୱରଙ୍କର ସେହି ପବିତ୍ର ବ୍ୟକ୍ତି । ଯୀଶୁ ତାହାକୁ ଧମକ ଦେଇ କହିଲେ, ଚୁପ୍ କର୍, ଏହାଠାରୁ ବାହାରିଯା । ସେଥିରେ ସେହି ଭୂତ ତାହାକୁ ମଧ୍ୟସ୍ଥାନରେ ପକାଇଦେଇ ତାହାର କୌଣସି କ୍ଷତି ନ କରି ତାହାଠାରୁ ବାହାରିଗଲା । ଏଥିରେ ସମସ୍ତେ ବିସ୍ମୟାନ୍ୱିତ ହୋଇ ପରସ୍ପର କୁହାକୋହି ହେଲେ, ଏ କି କଥା ? ସେ ଅଶୁଚି ଆତ୍ମାମାନଙ୍କୁ ଅଧିକାର ଓ ଶକ୍ତି ସହିତ ଆଦେଶ ଦିଅନ୍ତି, ଆଉ ସେମାନେ ବାହାରିଯାଆନ୍ତି ।

–ଲୂକ ୪:୩୩-୩୬

ସେ ଆସୁ ଆସୁ ଭୂତ ତାହାକୁ ତଳେ ପକାଇଦେଇ ଭୟଙ୍କର ଭାବରେ ମୋଡ଼ି ପକାଇଲା, କିନ୍ତୁ ଯୀଶୁ ଅଶୁଚି ଆତ୍ମାକୁ ଧମକ ଦେଲେ ଓ ବାଳକକୁ ସୁସ୍ଥ କରି ତାହାକୁ ତାହାର ପିତାର ହସ୍ତରେ ସମର୍ପଣ କଲେ । ସେଥିରେ ସମସ୍ତେ ଈଶ୍ୱରଙ୍କର ମହାଶକ୍ତି ସକାଶେ ଆଶ୍ଚର୍ଯ୍ୟାନ୍ୱିତ ହେଲେ ।

–ଲୂକ ୯:୪୨-୪୩ (କ)

ଅର୍ଥାତ୍ ନାଜରିତୀୟ ଯୀଶୁଙ୍କ କଥା, କିପରି ଈଶ୍ୱର ତାହାଙ୍କୁ ପବିତ୍ରଆତ୍ମା ଓ ଶକ୍ତିରେ ଅଭିଷିକ୍ତ କଲେ, ଆଉ ସେ ମଙ୍ଗଳ ସାଧନ କରୁ କରୁ ଓ ଶୟତାନ କର୍ତ୍ତୃକ ପ୍ରପୀଡ଼ିତ ସମସ୍ତ ଲୋକଙ୍କୁ ସୁସ୍ଥ କରୁ କରୁ ସର୍ବତ୍ର ଭ୍ରମଣ କଲେ, କାରଣ ଈଶ୍ୱର ତାହାଙ୍କ ସହବର୍ତ୍ତୀ ଥିଲେ ।

–ପ୍ରେରିତ ୧୦:୩୮

ଯୀଶୁ କହିଲେ, ଏହି ପଥର ଘୁଞ୍ଚାଇଦିଅ । ମୃତ ବ୍ୟକ୍ତିଙ୍କ ଭଗ୍ନୀ ମାର୍ଥା ତାହାଙ୍କୁ କହିଲେ, ପ୍ରଭୋ, ସେ ବାସିଗଲାଣି, କାରଣ ସେ ଚାରି ଦିନ ହେଲା ମଲାଣି । ଯୀଶୁ ତାଙ୍କୁ କହିଲେ, ଯଦି ତୁମ୍ଭେ ବିଶ୍ୱାସ କର, ତାହାହେଲେ ଈଶ୍ୱରଙ୍କ ମହିମା ଦେଖିବ, ...ସେଥିରେ ସେମାନେ ପଥର ଘୁଞ୍ଚାଇଦେଲେ । ସେ ଏହା କହି ଉଚ୍ଚ ସ୍ୱରରେ ଡାକିଲେ, ଲାଜାର, ବାହାରିଆସ । ମୃତ ଲୋକଟି ବାହାରିଆସିଲେ, ତାଙ୍କ ହାତ ଓ ପାଦ ସମାଧିବସ୍ତ୍ରରେ ବନ୍ଧା ହୋଇଥିଲା, ପୁଣି ତାଙ୍କ ମୁଖରେ ଖଣ୍ଡେ ଗାମୁଛା ଗୁଡ଼ା ହୋଇଥିଲା । ଯୀଶୁ ସେମାନଙ୍କୁ କହିଲେ, ଏହାଙ୍କ ବନ୍ଧନ ଫିଟାଇ ଚାଲିଯିବାକୁ ଦିଅ ।

–ଯୋହନ ୧୧:୩୯–୪୦, ୪୩–୪୪

ଜଣେ ଅଧ୍ୟକ୍ଷ ତାହାଙ୍କ ନିକଟକୁ ଆସି ପ୍ରଣାମ କରି କହିଲେ, ମୋର ଝିଅଟି ଏହିକ୍ଷଣି ମରିଗଲା, କିନ୍ତୁ ଆପଣ ଆସି ତାହା ଉପରେ ହସ୍ତ ଥୋଇବା ହେଉନ୍ତୁ, ଆଉ ସେ ବଞ୍ଚିବ...ସେ ଭିତରକୁ ଯାଇ ବାଳିକାଟିର ହାତ ଧରିଲେ, ଆଉ ସେ ଉଠିଲା ।

–ମାଥିଉ ୯:୧୮ (ଖ), ୨୫

ସେ ନଗରଦ୍ୱାର ନିକଟରେ ଉପସ୍ଥିତ ହୁଅନ୍ତେ, ଦେଖ, ଲୋକେ ଜଣେ ମୃତ ମନୁଷ୍ୟକୁ ବାହାରକୁ ବହି ଆଣୁଥିଲେ, ସେ ଆପଣା ମାତାର ଏକମାତ୍ର ପୁତ୍ର, ପୁଣି ସେହି ସ୍ତ୍ରୀ ବିଧବା, ଆଉ, ନଗରର ବହୁସଂଖ୍ୟକ ଲୋକ ତାହାର ସାଙ୍ଗରେ ଥିଲେ । ତାହାକୁ ଦେଖି ପ୍ରଭୁ ତାହା ପ୍ରତି ଦୟାରେ ବିଗଳିତ ହୋଇ ତାହାକୁ କହିଲେ, ରୋଦନ କର ନାହିଁ । ଆଉ, ସେ ନିକଟକୁ ଯାଇ କୋକେଇ ଛୁଇଁଲେ, ପୁଣି ବାହକମାନେ ଠିଆ ହୁଅନ୍ତେ, ସେ କହିଲେ, ଯୁବକ, ମୁଁ ତୁମ୍ଭକୁ କହୁଅଛି, ଉଠ । ସେଥିରେ ମୃତ ଲୋକଟି ଉଠି ବସିଲା, ଆଉ କଥା କହିବାକୁ ଲାଗିଲା ।

–ଲୂକ ୭:୧୨–୧୫ (କ)

ମନୁଷ୍ୟପୁତ୍ର କିଏ ବୋଲି ଲୋକେ କଅଣ କହନ୍ତି ? ଏଥିରେ ସେମାନେ କହିଲେ, କେହି କେହି କହନ୍ତି, ବାପ୍ତିଜକ ଯୋହନ, କେହି କେହି ଏଲିୟ, ଆଉ କେହି କେହି ଯିରିମିୟ ଅବା ଭାବବାଦୀମାନଙ୍କ ମଧ୍ୟରୁ ଜଣେ । ସେ ସେମାନଙ୍କୁ ପଚାରିଲେ, କିନ୍ତୁ ମୁଁ କିଏ ବୋଲି ତୁମ୍ଭେମାନେ କଅଣ କହୁଅଛ ? ଶିମୋନ ପିତର ଉତ୍ତର ଦେଲେ, ଆପଣ ଖ୍ରୀଷ୍ଟ, ଜୀବନ୍ତ ଈଶ୍ୱରଙ୍କ ପୁତ୍ର । ଏଥିରେ ଯୀଶୁ ତାଙ୍କୁ ଉତ୍ତର ଦେଲେ, ହେ ଯୂନସର ପୁତ୍ର ଶିମୋନ, ତୁମ୍ଭେ ଧନ୍ୟ, କାରଣ ମନୁଷ୍ୟ ତୁମ୍ଭ ନିକଟରେ ଏହା ପ୍ରକାଶ କରି ନାହିଁ, ବରଂ ମୋହର ସ୍ୱର୍ଗସ୍ଥ ପିତା ପ୍ରକାଶ କରିଅଛନ୍ତି ।

–ମାଥିଉ ୧୬:୧୩(ଖ)–୧୭

ସେମାନଙ୍କ ମଧ୍ୟରୁ ଅନେକେ କହିବାକୁ ଲାଗିଲେ, ତାହାକୁ ଭୂତ ଲାଗିଛି, ସେ ପାଗଳ, କାହିଁକି ତାହା କଥା ଶୁଣୁଅଛ ? ଅନ୍ୟମାନେ କହିଲେ, ଏହସିବୁ କଥା ତ ଭୂତ ଲାଗିଥିବା ଲୋକର ନୁହେଁ, ଭୂତ କଅଣ ଅନ୍ଧର ଆଖି ଫିଟାଇ ପାରେ ?

–ଯୋହନ ୧୦:୨୦–୨୧

ଅତଏବ, ଯିହୂଦୀମାନଙ୍କ ମଧ୍ୟରୁ ଅନେକେ, ଅର୍ଥାତ୍ ଯେଉଁମାନେ ମରିୟମଙ୍କ ନିକଟକୁ ଆସିଥିଲେ ଓ ଯୀଶୁଙ୍କ କର୍ମ ଦେଖିଥିଲେ, ସେମାନେ ତାହାଙ୍କଠାରେ ବିଶ୍ୱାସ କଲେ, ପୁଣି, ସେମାନଙ୍କ ମଧ୍ୟରୁ କେହି କେହି ଫାରୂଶୀମାନଙ୍କ ନିକଟକୁ ଯାଇ, ଯୀଶୁ ଯାହା ଯାହା କରିଥିଲେ, ସେହିସବୁ ସେମାନଙ୍କୁ ଜଣାଇଲେ । ତେଣୁ ସେହି ଦିନଠାରୁ ସେମାନେ ତାହାଙ୍କୁ ବଧ କରିବା ନିମନ୍ତେ ମନ୍ତ୍ରଣା କଲେ ।

–ଯୋହନ ୧୧:୪୫–୪୬, ୫୩

ମାତ୍ର ସେମାନେ ଅକାରଣରେ ମୋତେ ଘୃଣା କଲେ ।

–ଯୋହନ ୧୫:୨୫ (କ)

# ଯୀଶୁ ଆପଣା ମୃତ୍ୟୁ ଏବଂ ପୁନରୁତ୍ଥାନ ସମ୍ବନ୍ଧରେ ପୂର୍ବସୂଚନା ଦିଅନ୍ତି

ଆଉ, ସେ ସେମାନଙ୍କୁ ଶିକ୍ଷା ଦେବାକୁ ଲାଗିଲେ ଯେ, ମନୁଷ୍ୟପୁତ୍ରଙ୍କୁ ଅବଶ୍ୟ ବହୁତ ଦୁଃଖଭୋଗ କରିବାକୁ ହେବ ଏବଂ ପ୍ରାଚୀନ, ପ୍ରଧାନ ଯାଜକ ଓ ଶାସ୍ତ୍ରୀମାନଙ୍କ ଦ୍ୱାରା ଅଗ୍ରାହ୍ୟ ହୋଇ ହତ ହେବାକୁ ହେବ, ପୁଣି ତିନି ଦିନ ପରେ ପୁନରୁତ୍‌ଥାନ କରିବାକୁ ହେବ । –ମାର୍କ ୮:୩୧

ଆଉ, ମୁଁ ଯଦି ପୃଥିବୀରୁ ଊର୍ଦ୍ଧ୍ୱକୁ ଉତ୍‌ଥିତ ହେବି, ତାହାହେଲେ ସମସ୍ତଙ୍କୁ ଆପଣା ନିକଟକୁ ଆକର୍ଷଣ କରିବି। ସେ କେଉଁ ପ୍ରକାର ମୃତ୍ୟୁଭୋଗ କରିବାକୁ ଯାଉଅଛନ୍ତି, ସେଥିର ସୂଚନା ଦେଇ ଏହା କହିଲେ ।

–ଯୋହନ ୧୨:୩୨–୩୩

ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, ତୁମ୍ଭେମାନେ ଏହି ମନ୍ଦିରକୁ ବିନାଶ କର, ଆଉ ତିନି ଦିନ ମଧ୍ୟରେ ମୁଁ ତାହା ତୋଳିଦେବି । ସେଥିରେ ଯିହୁଦୀମାନେ କହିଲେ, ଏହି ମନ୍ଦିର ନିର୍ମାଣ କରିବା ନିମନ୍ତେ ଛୟାଳିଶ ବର୍ଷ ଲାଗିଅଛି, ଆଉ ତୁମ୍ଭେ କଅଣ ତାହାକୁ ତିନି ଦିନରେ ତୋଳି ଦେବ ? କିନ୍ତୁ ସେ ଆପଣା ଶରୀରରୂପ ମନ୍ଦିର ସମ୍ବନ୍ଧରେ କହୁଥିଲେ । ଏଣୁ ସେ ମୃତମାନଙ୍କ ମଧ୍ୟରୁ ଉତ୍‌ଥିତ ହେଲା ଉତ୍ତାରେ ତାହାଙ୍କ ଶିଷ୍ୟମାନେ ସେ ଏହା କହିଥିଲେ ବୋଲି ସ୍ମରଣ କଲେ । –ଯୋହନ ୨:୧୯–୨୨(କ)

କାରଣ ଯୂନସ ଯେପରି ତିନି ଦିନ ଓ ତିନି ରାତ୍ରି ବୃହତ୍ ମତ୍ସ୍ୟ ଉଦରରେ ଥିଲେ, ମନୁଷ୍ୟପୁତ୍ର ସେହିପରି ତିନି ଦିନ ଓ ତିନି ରାତ୍ରି ଭୂଗର୍ଭରେ ରହିବେ । –ମାଥିଉ ୧୨:୪୦

ମାତ୍ର ମୁଁ ଉତ୍‌ଥିତ ହେଲା ଉତ୍ତାରେ ତୁମ୍ଭମାନଙ୍କ ଆଗେ ଗାଲିଲୀକି ଯିବି । –ମାଥିଉ ୨୬:୩୨

ତହିଁ ଆରଦିନ ପର୍ବକୁ ଆସିଥିବା ବହୁସଂଖ୍ୟକ ଲୋକ ଯୀଶୁ ଯିରୂଶାଲମକୁ ଆସୁଅଛନ୍ତି ବୋଲି ଶୁଣି ଖଜୁରୀ ବାହୁଙ୍ଗା ଘେନି ତାହାଙ୍କୁ ଭେଟିବା ନିମନ୍ତେ ବାହାରିଗଲେ ଓ ଉଚ୍ଚ ସ୍ୱରରେ କହିବାକୁ ଲାଗିଲେ, ହୋଶାନ୍ନା । ପ୍ରଭୁଙ୍କ ନାମରେ ଯେ ଆସୁଅଛନ୍ତି, ସେ ଧନ୍ୟ, ଧନ୍ୟ ଇସ୍ରାଏଲର ରାଜା । ଆଉ, ଯୀଶୁ ଗୋଟିଏ ଗର୍ଦ୍ଦଭଶାବକ ପାଇ ତାହା ଉପରେ ଆରୋହଣ କଲେ, ଯେପରି ଲେଖାଅଛି, ଆଗୋ ସିୟୋନର କନ୍ୟେ, ଭୟ କର ନାହିଁ, ଦେଖ୍, ତୋର ରାଜା ଆସୁଅଛନ୍ତି, ସେ ଗର୍ଦ୍ଦଭଶାବକ ଉପରେ ଆରୋହଣ କରି ଆସୁଅଛନ୍ତି । –ଯୋହନ ୧୨:୧୨–୧୫

ଆଉ, ଯେତେବେଳେ ସେ ନିକଟକୁ ଆସିଲେ, ସେତେବେଳେ ନଗରକୁ ଦେଖି ତାହା ନିମନ୍ତେ ରୋଦନ କରି କହିଲେ, ତୁ, ହଁ ତୁ ଯଦି ଆଜି ଶାନ୍ତିର ବିଷୟଗୁଡ଼ିକ ଜାଣିଥାଆନ୍ତୁ ! ମାତ୍ର ଏବେ ସେଗୁଡ଼ିକ ତୋ' ଦୃଷ୍ଟିରୁ ଗୁପ୍ତ ହୋଇ ରହିଅଛି ।

ଯେଣୁ ତୋ' ଉପରେ କୃପାଦୃଷ୍ଟିର ସମୟ ତୁ ନ ଜାଣିବା ହେତୁରୁ, ଯେଉଁ ସମୟରେ ତୋ' ଶତ୍ରୁମାନେ ତୋର ଚାରିଆଡ଼େ ବନ୍ଧ ବାନ୍ଧି ତୋତେ ଘେରିଯାଇ ଅବରୋଧ କରିବେ,

ପୁଣି ତୋତେ ଓ ତୋ' ମଧ୍ୟରେ ଥିବା ତୋ' ସନ୍ତାନମାନଙ୍କୁ ଭୂମିସାତ୍ କରିବେ, ଆଉ ତୋ' ମଧ୍ୟରେ ଗୋଟିଏ ପଥରକୁ ଅନ୍ୟ ଗୋଟିଏ ପଥର ଉପରେ, ରହିବାକୁ ଦେବେ ନାହିଁ, ଏପରି ସମୟ ତୋ' ଉପରେ ଆସିବ ।

–ଲୂକ ୧୯:୪୧–୪୪

ଏହି ଦେଖ, ଈଶ୍ୱରଙ୍କ ମେଷଶାବକ, ଯେ ଜଗତର ପାପ ବହିନେଇଯାଆନ୍ତି ।   –ଯୋହନ ୧:୨୯(ଖ)

ପରେ ଯେଉଁ ଦିନ ନିସ୍ତାରପର୍ବର ମେଷଶାବକ ବଳିଦାନ କରିବାକୁ ହୁଏ, ଖମୀରଶୂନ୍ୟ ରୋଟୀ ପର୍ବର ସେହି ଦିନ ଉପସ୍ଥିତ ହେଲା, ଆଉ, ସେ ପିତର ଓ ଯୋହନଙ୍କୁ ଏହା କହି ପଠାଇଲେ, ଆମ୍ଭେମାନେ ଯେପରି ଭୋଜନ କରି ପାରିବୁ, ଏଥିପାଇଁ ତୁମ୍ଭେମାନେ ଯାଇ ଆମ୍ଭମାନଙ୍କ ନିମନ୍ତେ ନିସ୍ତାରପର୍ବର ଭୋଜ ପ୍ରସ୍ତୁତ କର । ପୁଣି, ସେ ରୋଟୀ ଘେନି ଧନ୍ୟବାଦ ଦେଲେ ଓ ତାହା ଭାଙ୍ଗି ସେମାନଙ୍କୁ ଦେଇ କହିଲେ, ତୁମ୍ଭମାନଙ୍କ ନିମନ୍ତେ ଦତ୍ତ ହେଉଥିବା ମୋହର ଶରୀର ଏହି, ମୋତେ ସ୍ମରଣ କରିବା ନିମନ୍ତେ ଏହା କର । ପୁଣି, ସେ ପାନପାତ୍ର ଘେନି ... ସେମାନଙ୍କୁ କହିଲେ, ଯେଉଁ ନିୟମର ରକ୍ତ ଅନେକଙ୍କ ନିମନ୍ତେ ପାତିତ ହେଉଅଛି, ଏ ମୋହର ସେହି ରକ୍ତ ।

–ଲୂକ ୨୨:୭–୮, ୧୯, ମାର୍କ ୧୪:୨୩–୨୪

ସେ ଉପଦ୍ରବ ପ୍ରାପ୍ତ ହେଲେ, ତଥାପି ସେ ଆପଣାକୁ ନମ୍ର କରି ଆପଣା ମୁଖ ଫିଟାଇଲେ ନାହିଁ, ବଧସ୍ଥାନକୁ ନିଆଯିବା ମେଷଶାବକ ତୁଲ୍ୟ, ଲୋମଚ୍ଛେଦକମାନଙ୍କ ସମ୍ମୁଖରେ ନୀରବ ମେଷୀ ତୁଲ୍ୟ ହୋଇ ସେ ଆପଣା ମୁଖ ଫିଟାଇଲେ ନାହିଁ ।   –ଯିଶାଇୟ ୫୩:୭

ଯେଣୁ ତୁମ୍ଭେମାନେ ଜାଣ ଯେ, ତୁମ୍ଭମାନଙ୍କ ପିତୃପୁରୁଷମାନଙ୍କଠାରୁ ପ୍ରାପ୍ତ ପରମ୍ପରାଗତ ନିରର୍ଥକ ଆଚାର ବ୍ୟବହାରରୁ ରୂପା କି ସୁନା ପରି କ୍ଷୟଣୀୟ ବସ୍ତୁ ଦ୍ୱାରା ମୁକ୍ତ ନ ହୋଇ ବରଂ ନିଖୁନ୍ତ ଓ ନିଷ୍କଳଙ୍କ ମେଷଶାବକ ସଦୃଶ ଖ୍ରୀଷ୍ଟଙ୍କ ବହୁମୂଲ୍ୟ ରକ୍ତରେ ମୁକ୍ତ ହୋଇଅଛ ।

–୧ ପିତର ୧:୧୮–୧୯

ସେଥିରେ ଦ୍ୱାଦଶଙ୍କ ମଧ୍ୟରୁ ଇଷ୍କାରିୟୋତ ଯିହୂଦା ନାମକ ଜଣେ ତାହାଙ୍କୁ ପ୍ରଧାନ ଯାଜକମାନଙ୍କ ହସ୍ତରେ ସମର୍ପଣ କରିବା ନିମନ୍ତେ ସେମାନଙ୍କ ନିକଟକୁ ଗଲା । ସେମାନେ ତାହା ଶୁଣି ଆନନ୍ଦିତ ହେଲେ ଓ ତାହାକୁ ଟଙ୍କା ଦେବା ପାଇଁ ପ୍ରତିଜ୍ଞା କଲେ।

–ମାର୍କ ୧୪:୧୦–୧୧(କ)

ଏଥିଉତ୍ତାରେ ଯୀଶୁ ଆପଣା ଶିଷ୍ୟମାନଙ୍କ ସହିତ ଗେଥ୍ଶିମାନୀ ନାମକ ଗୋଟିଏ ସ୍ଥାନକୁ ଯାଇ ସେମାନଙ୍କୁ କହିଲେ, ମୁଁ ସେଠାକୁ ଯାଇ ପ୍ରାର୍ଥନା କରୁଥିବା ପର୍ଯ୍ୟନ୍ତ ତୁମ୍ଭେମାନେ ଏଠାରେ ବସିଥାଅ । ଆଉ, ସେ ପିତର ଓ ଜେବଦୀଙ୍କ ଦୁଇ ପୁତ୍ରଙ୍କୁ ସାଙ୍ଗରେ ଘେନି ଶୋକାକୁଳ ଓ ବ୍ୟଥିତ ହେବାକୁ ଲାଗିଲେ । ପୁଣି, ସେ ଅଳ୍ପ ଦୂର ଆଗକୁ ଯାଇ ଉବୁଡ଼ ହୋଇ ପ୍ରାର୍ଥନା କରୁ କରୁ କହିଲେ, ହେ ମୋର ପିତା, ଯଦି ହୋଇପାରେ, ତେବେ ଏହି ପାନପାତ୍ର ମୋ'ଠାରୁ ଦୂର ହେଉ, ତଥାପି ମୋ'ର ଇଚ୍ଛା ନୁହେଁ, ମାତ୍ର ତୁମ୍ଭର ଇଚ୍ଛା ।

–ମାଥିଉ ୨୬:୩୬–୩୭, ୩୯

ଅତଏବ, ଯିହୂଦା ସୈନ୍ୟଦଳ ପୁଣି ପ୍ରଧାନ ଯାଜକ ଓ ଫାରୂଶୀମାନଙ୍କ ଠାରୁ ପ୍ରାପ୍ତ ପଦାତିକମାନଙ୍କୁ ଘେନି ବତି, ମଶାଲ ଓ ଅସ୍ତ୍ରଶସ୍ତ୍ର ଧରି ସେଠାକୁ ଆସିଲା । ଏହାପରେ ସୈନ୍ୟଦଳ, ପ୍ରଧାନ ସେନାପତି, ପୁଣି ଯିହୂଦୀମାନଙ୍କର ପଦାତିକମାନେ ଯୀଶୁଙ୍କୁ ଧରିଲେ । –ଯୋହନ ୧୮:୩, ୧୨

ଇତିମଧ୍ୟରେ ପ୍ରଧାନ ଯାଜକମାନେ ଓ ସମସ୍ତ ମହାସଭା ଯୀଶୁଙ୍କୁ ବଧ କରିବା ନମନ୍ତେ ତାହାଙ୍କ ବିରୁଦ୍ଧରେ ସାକ୍ଷ୍ୟ ଅନ୍ୱେଷଣ କରିବାକୁ ଲାଗିଲେ, କିନ୍ତୁ ପାଇଲେ ନାହିଁ, କାରଣ ଅନେକେ ତାହାଙ୍କ ବିରୁଦ୍ଧରେ ମିଥ୍ୟାସାକ୍ଷ୍ୟ ଦେଲେ ହେଁ ସେମାନଙ୍କର ସାକ୍ଷ୍ୟ ମିଶିଲା ନାହିଁ । –ମାର୍କ ୧୪:୫୫–୫୬

# ଯୀଶୁ ଦୋଷୀ ସାବ୍ୟସ୍ତ ଏବଂ କ୍ରୁଶାର୍ପିତ ହେଲେ

ପ୍ରଭାତ ହୁଅନ୍ତେ, ସମସ୍ତ ପ୍ରଧାନଯାଜକ, ପୁଣି ଲୋକମାନଙ୍କର ପ୍ରାଚୀନବର୍ଗ ଯୀଶୁଙ୍କୁ ବଧ କରିବା ନିମନ୍ତେ ତାହାଙ୍କ ବିପକ୍ଷରେ ମନ୍ତ୍ରଣା କଲେ, ଆଉ ସେମାନେ ତାହାଙ୍କୁ ବାନ୍ଧି ଘେନିଯାଇ ପୀଲାତ ନାମକ ଶାସନକର୍ତ୍ତାଙ୍କ ହସ୍ତରେ ସମର୍ପଣ କଲେ । ପୀଲାତ ସେମାନଙ୍କୁ ପଚାରିଲେ, ତେବେ ଯାହାକୁ ଖ୍ରୀଷ୍ଟ କହନ୍ତି, ସେହି ଯୀଶୁ ପ୍ରତି ଆମ୍ଭେ କଅଣ କରିବା ? ସେମାନେ ସମସ୍ତେ କହିଲେ, ସେ କ୍ରୁଶରେ ଚଢ଼ାଯାଉ । —ମାଥିଉ ୨୭:୧-୨, ୨୨

ଦିନ ନଅ ଘଣ୍ଟା ସମୟରେ ସେମାନେ ତାହାଙ୍କୁ କ୍ରୁଶରେ ଚଢ଼ାଇଲେ । ଆଉ, ତାହାଙ୍କ ଅଭିଯୋଗଲିପିରେ ଏହା ଲେଖାଥିଲା, **ଯିହୂଦୀମାନଙ୍କର ରାଜା** । ପୁଣି, ତାହାଙ୍କ ଦକ୍ଷିଣ ପାର୍ଶ୍ୱରେ ଜଣେ ଓ ବାମ ପାର୍ଶ୍ୱରେ ଜଣେ, ଏହିପରି ଦୁଇ ଜଣ ଡକାଇତଙ୍କୁ ସେମାନେ ତାହାଙ୍କ ସହିତ କ୍ରୁଶରେ ଚଢ଼ାଇଦେଲେ । (ସେଥିରେ ଧର୍ମଶାସ୍ତ୍ରର ଏହି ବାକ୍ୟ ସଫଳ ହେଲା, ସେ ଅଧାର୍ମିକମାନଙ୍କ ସହିତ ଗଣିତ ହେଲେ ।) ସେହି ବାଟ ଦେଇ ଯାଉଥିବା ଲୋକମାନେ ଆପଣା ଆପଣା ମୁଣ୍ଡ ହଲାଇ ତାହାଙ୍କର ନିନ୍ଦା କରି କହିବାକୁ ଲାଗିଲେ, ବାଃ ! ରେ ମନ୍ଦିରଭଗ୍ନକାରୀ ଓ ତିନି ଦିନରେ ତାହା ନିର୍ମାଣକାରୀ, କ୍ରୁଶରୁ ଓହ୍ଲାଇ ଆପଣାକୁ ରକ୍ଷା କର । ପ୍ରଧାନ ଯାଜକମାନେ ମଧ୍ୟ ସେହି ପ୍ରକାରେ ଶାସ୍ତ୍ରୀମାନଙ୍କ ସହିତ ପରସ୍ପର ମଧ୍ୟରେ ତାହାଙ୍କୁ ପରିହାସ କରି କହିବାକୁ ଲାଗିଲେ, ସେ ଅନ୍ୟମାନଙ୍କୁ ରକ୍ଷା କଲା, ନିଜକୁ ରକ୍ଷା କରିପାରୁ ନାହିଁ। —ମାର୍କ ୧୫:୨୫-୩୧

ଆଉ, ଯୀଶୁ ଉଚ୍ଚ ସ୍ୱରରେ ଡାକି କହିଲେ, ହେ ପିତା, ତୁମ୍ଭ ହସ୍ତରେ ମୁଁ ଆପଣାର ଆତ୍ମା ସମର୍ପଣ କରୁଅଛି । ଏହା କହି ସେ ପ୍ରାଣତ୍ୟାଗ କଲେ । —ଲୂକ ୨୩:୪୬

ପରେ ବାର ଘଣ୍ଟାଠାରୁ ତିନି ଘଣ୍ଟା ପର୍ଯ୍ୟନ୍ତ ଦେଶଯାକ ଅନ୍ଧକାର ଘୋଟିଗଲା । କିନ୍ତୁ ଯୀଶୁ ପୁନର୍ବାର ଉଚ୍ଚ ସ୍ୱରରେ ଡାକି ପ୍ରାଣତ୍ୟାଗ କଲେ । ପୁଣି ଦେଖ, ମନ୍ଦିରର ବିଚ୍ଛେଦବସ୍ତ୍ର ଉପରୁ ତଳ ପର୍ଯ୍ୟନ୍ତ ଚିରି ଦୁଇ ଖଣ୍ଡ ହେଲା, ଆଉ ଭୂମିକମ୍ପ ହେଲା ଓ ...ଶତସେନାପତି ଓ ତାଙ୍କ ସାଙ୍ଗରେ ଯେଉଁମାନେ ଯୀଶୁଙ୍କୁ ଜଗିଥିଲେ, ସେମାନେ ଭୂମିକମ୍ପାଦି ଘଟନା ଦେଖି ଅତ୍ୟନ୍ତ ଭୀତ ହୋଇ କହିଲେ, ସତ୍ୟ, ଏ ଈଶ୍ୱରଙ୍କ ପୁତ୍ର ଥିଲେ ।

–ମାଥିଉ ୨୭:୪୫, ୫୦–୫୧, ୫୪

ଅତଏବ, ସୈନ୍ୟମାନେ ଆସି ପ୍ରଥମ ଜଣକର ଗୋଡ଼ ଓ ତାହା ସହିତ ଯେଉଁ ଜଣକ କ୍ରୁଶରେ ଚଢ଼ାଯାଇଥିଲା, ତାହାର ଗୋଡ଼ ମଧ୍ୟ ଭାଙ୍ଗିଦେଲେ । ମାତ୍ର ସେମାନେ ଯୀଶୁଙ୍କ ନିକଟକୁ ଆସି ସେ ମରିଗଲେଣି ବୋଲି ଦେଖି ତାହାଙ୍କ ଗୋଡ଼ ଭାଙ୍ଗିଲେ ନାହିଁ, କିନ୍ତୁ ସୈନ୍ୟମାନଙ୍କ ମଧ୍ୟରୁ ଜଣେ ବର୍ଚ୍ଛାରେ ତାହାଙ୍କ କକ୍ଷଦେଶ ବିନ୍ଧିଲା, ଆଉ ତତ୍‌କ୍ଷଣାତ୍ ରକ୍ତ ଓ ଜଳ ବାହାର ହେଲା...ଯେପରି ତୁମ୍ଭେମାନେ ମଧ୍ୟ ବିଶ୍ୱାସ କର, ପୁଣି, ତାହାର ସାକ୍ଷ୍ୟ ସତ୍ୟ, ...ଏହା ସେ ଜାଣନ୍ତି । କାରଣ ଧର୍ମଶାସ୍ତ୍ରର ଏହି ବାକ୍ୟ ସଫଳ ହେବା ନିମନ୍ତେ ଏସମସ୍ତ ବିଷୟ ଘଟିଲା, ... ପୁନର୍ବାର ଧର୍ମଶାସ୍ତ୍ରର ଆଉ ଗୋଟିଏ ବାକ୍ୟ ଏହି, ସେମାନେ ଯାହାଙ୍କୁ ବିଦ୍ଧ କଲେ, ତାହାଙ୍କ ପ୍ରତି ଦୃଷ୍ଟିପାତ କରିବେ ।

–ଯୋହନ ୧୯:୩୨–୩୭

ଆପଣମାନେ ସେହି ପବିତ୍ର ବ୍ୟକ୍ତିଙ୍କି ଅସ୍ୱୀକାର କଲେ, ଆଉ ଜଣେ ନରଘାତକ ଯେପରି ଆପଣମାନଙ୍କ ନିମନ୍ତେ ମୁକ୍ତ କରାଯାଏ, ଏହା ପ୍ରାର୍ଥନା କଲେ, କିନ୍ତୁ ଜୀବନର କର୍ତ୍ତାଙ୍କୁ ବଧ କଲେ, ତାହାଙ୍କୁ ଈଶ୍ୱର ମୃତମାନଙ୍କ ମଧ୍ୟରୁ ଉଠାଇଅଛନ୍ତି, ଆମ୍ଭେମାନେ ସେଥିର ସାକ୍ଷୀ ।

–ପ୍ରେରିତ ୩:୧୪–୧୫

# ଯୀଶୁ କବରସ୍ଥ ହେଲେ, କିନ୍ତୁ ତୃତୀୟ ଦିବସରେ ପୁନରୁତ୍ଥିତ ହେଲେ

ତହିଁ ଆରଦିନ, ଅର୍ଥାତ୍ ଆୟୋଜନ–ଦିବସର ପରବର୍ତ୍ତୀ ଦିନ ପ୍ରଧାନ ଯାଜକ ଓ ଫାରୂଶୀମାନେ ପୀଲାତଙ୍କ ନିକଟରେ ଏକତ୍ର ହୋଇ କହିଲେ, ମହାଶୟ, ଆମ୍ଭମାନଙ୍କର ମନେ ପଡୁଅଛି, ସେହି ପ୍ରବଞ୍ଚକ ଜୀବିତ ଥିବା ସମୟରେ କହିଥିଲା, ତିନି ଦିନ ଉତ୍ତାରେ ମୁଁ ଉଠିବି । ଅତଏବ, ତୃତୀୟ ଦିବସ ପର୍ଯ୍ୟନ୍ତ ସମାଧି ସୁରକ୍ଷିତ ହେବା ନିମନ୍ତେ ଆଜ୍ଞା କରନ୍ତୁ, ନୋହିଲେ କେଜାଣି ତାହାର ଶିଷ୍ୟମାନେ ଆସି ତାହାକୁ ଚୋରି କରି ଲୋକଙ୍କୁ କହିବେ, ସେ ମୃତମାନଙ୍କ ମଧ୍ୟରୁ ଉଠିଅଛନ୍ତି, ତାହାହେଲେ ପ୍ରଥମ ପ୍ରବଞ୍ଚନା ଅପେକ୍ଷା ଶେଷ ପ୍ରବଞ୍ଚନା ଅଧିକ ମନ୍ଦ ହେବ । ପୀଲାତ ସେମାନଙ୍କୁ କହିଲେ, ତୁମ୍ଭମାନଙ୍କର ପ୍ରହରୀଦଳ ଅଛି, ତୁମ୍ଭେମାନେ ଯାଇ ଯଥାସାଧ୍ୟ ତାହା ସୁରକ୍ଷିତ କର । ତେଣୁ ସେମାନେ ଯାଇ ପ୍ରହରୀଦଳ ସହିତ ସେହି ପ୍ରସ୍ତରରେ ମୁଦ୍ରାଙ୍କ ଦେଇ ସମାଧି ସୁରକ୍ଷିତ କଲେ ।

–ମାଥିଉ ୨୭:୬୨–୬୬

ବିଶ୍ରାମବାର ଶେଷ ହେଲା ଉତ୍ତାରେ ସପ୍ତାହର ପ୍ରଥମ ଦିବସର ପ୍ରତ୍ୟୁଷରେ ମଗ୍‌ଦଲିନୀ ମରିୟମ ଓ ଅନ୍ୟ ମରିୟମ ସମାଧି ଦେଖିବାକୁ ଆସିଲେ । ଆଉ ଦେଖ, ମହା ଭୂମିକମ୍ପ ହେଲା, କାରଣ ପ୍ରଭୁଙ୍କର ଜଣେ ଦୂତ ସ୍ୱର୍ଗରୁ ଓହ୍ଲାଇ ଆସି ସେହି ପଥରଖଣ୍ଡିକ ଗଡ଼ାଇଦେଇ ତାହା ଉପରେ ବସିଲେ । ତାଙ୍କ ରୂପ ବିଜୁଳି ପରି ଓ ତାଙ୍କର ବସ୍ତ୍ର ହିମ ପରି ଶୁଭ୍ରବର୍ଣ୍ଣ ଥିଲା, ପୁଣି ତାଙ୍କ ଭୟରେ ପ୍ରହରୀମାନେ କମ୍ପମାନ ହୋଇ ମୃତବତ୍ ହେଲେ । କିନ୍ତୁ ଦୂତ ସ୍ତ୍ରୀଲୋକମାନଙ୍କୁ ଉତ୍ତର ଦେଲେ, ତୁମ୍ଭେମାନେ ଭୟ କର ନାହିଁ, କାରଣ ତୁମ୍ଭେମାନେ ଯେ କ୍ରୁଶରେ ହତ ଯୀଶୁଙ୍କର ଅନ୍ୱେଷଣ କରୁଅଛ, ତାହା ମୁଁ ଜାଣେ । ସେ ଏଠାରେ ନାହାନ୍ତି, କାରଣ ସେ ଯେପରି କହିଥିଲେ, ସେହିପରି ଉଠିଅଛନ୍ତି ।

–ମାଥିଉ ୨୮:୧–୬ (କ)

ମୁଁ ମୋହର ପ୍ରାଣ ଦାନ କରିବାରୁ ପିତା ମୋତେ ପ୍ରେମ କରନ୍ତି, ଆଉ ମୁଁ ମୋହର ପ୍ରାଣ ପୁନର୍ବାର ଗ୍ରହଣ କରିବା ନିମନ୍ତେ ତାହା ଦାନ କରେ । କେହି ମୋ'ଠାରୁ ତାହା ନେଇଯାଇ ନାହିଁ, ମାତ୍ର ମୁଁ ଆପେ ତାହା ଦାନ କରେ । ତାହା ଦାନ କରିବାକୁ ମୋହର ଅଧିକାର ଅଛି ଓ ତାହା ପୁନର୍ବାର ଗ୍ରହଣ କରିବାକୁ ମୋହର ଅଧିକାର ଅଛି । ମୁଁ ମୋହର ପିତାଙ୍କଠାରୁ ଏହି ଆଜ୍ଞା ପାଇଅଛି ।

–ଯୋହନ ୧୦:୧୭–୧୮

ସେ ମୃତ୍ୟୁକୁ ଅନନ୍ତ କାଳ ନିମନ୍ତେ ଗ୍ରାସ କରିଅଛନ୍ତି ଓ ପ୍ରଭୁ, ସଦାପ୍ରଭୁ, ସମସ୍ତଙ୍କ ମୁଖରୁ ଲୋତକଜଳ ପୋଛି ଦେବେ । –ଯିଶାଇୟ ୨୫:୮

ଭୟ କର ନାହିଁ, ଆମ୍ଭେ ପ୍ରଥମ ଓ ଶେଷ, ପୁଣି ସ୍ୱୟଂଜୀବୀ, ଆମ୍ଭେ ମୃତ ହେଲୁ, ଆଉ ଦେଖ, ଆମ୍ଭେ ଯୁଗେ ଯୁଗେ ଜୀବିତ ଅଟୁ, ପୁଣି, ଆମ୍ଭର ହସ୍ତରେ ମୃତ୍ୟୁ ଓ ପାତାଳର କଞ୍ଚି ଅଛି । –ପ୍ରକାଶିତ ୧:୧୮

"ଜୟ ମୃତ୍ୟୁକୁ ଗ୍ରାସ କରିଅଛି ।" "ରେ ମୃତ୍ୟୁ, କାହିଁ ତୋର ଜୟ ? ରେ ମୃତ୍ୟୁ, କାହିଁ ତୋର ନାହୁଡ଼ ?" କିନ୍ତୁ ଯେଉଁ ଈଶ୍ୱର ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଦ୍ୱାରା ଆମ୍ଭମାନଙ୍କୁ ଜୟ ପ୍ରଦାନ କରନ୍ତି, ତାହାଙ୍କର ଧନ୍ୟବାଦ ହେଉ । –୧ କରିନ୍ଥୀୟ ୧୫:୫୫, ୫୭

ଏଥିରେ ଚମତ୍କୃତ ହୁଅ ନାହିଁ, କାରଣ ଯେଉଁ ସମୟରେ ସମାଧିସ୍ଥ ସମସ୍ତେ ତାହାଙ୍କ ସ୍ୱର ଶୁଣିବେ ଏବଂ ଯେଉଁମାନେ ସତ୍‌କର୍ମ କରିଅଛନ୍ତି, ସେମାନେ ଜୀବନର ପୁନରୁତ୍ଥାନ ନିମନ୍ତେ ଓ ଯେଉଁମାନେ ଅସତ୍‌କର୍ମ କରିଅଛନ୍ତି, ସେମାନେ ଦଣ୍ଡର ପୁନରୁତ୍ଥାନ ନିମନ୍ତେ ବାହାର ହୋଇ ଆସିବେ, ଏପରି ସମୟ ଆସୁଅଛି । –ଯୋହନ ୫:୨୮–୨୯

# ଯୀଶୁ ଆପଣା ପୁନରୁତ୍ଥାନ ପରେ ଦର୍ଶନ ଦେଲେ

ସପ୍ତାହର ପ୍ରଥମ ଦିବସ ପ୍ରତ୍ୟୁଷରେ ସେ ପୁନରୁତ୍‌ଥାନ କରି, ଯାହାଙ୍କଠାରୁ ସାତ ଭୂତ ଛଡ଼ାଇଥିଲେ, ସେହି ମଗ୍‌ଦଲୀନୀ ମରିୟମଙ୍କୁ ପ୍ରଥମରେ ଦର୍ଶନ ଦେଲେ । ଏହି ସମସ୍ତ ଘଟନା ଉତ୍ତାରେ ସେମାନଙ୍କ ମଧ୍ୟରୁ ଦୁଇ ଜଣ ଗୋଟିଏ ପଲ୍ଲୀଗ୍ରାମକୁ ଯାଉଥିବା ସମୟରେ ସେ ଅନ୍ୟ ରୂପରେ ସେମାନଙ୍କୁ ଦର୍ଶନ ଦେଲେ। –ମାର୍କ ୧୬:୯, ୧୨

ସେ କେଫାଙ୍କୁ, ଆଉ, ତାହାପରେ ଦ୍ୱାଦଶଙ୍କୁ ଦର୍ଶନ ଦେଲେ । ଏଉତ୍ତାରେ ଏକାଥରେ ପାଞ୍ଚ ଶହଠାରୁ ଅଧିକ ଭାଇମାନଙ୍କୁ ଦର୍ଶନ ଦେଲେ, ସେମାନଙ୍କ ମଧ୍ୟରୁ ଅଧିକାଂଶ ଆଜି ପର୍ଯ୍ୟନ୍ତ ଜୀବିତ ଅଛନ୍ତି, କିନ୍ତୁ କେହି କେହି ମହାନିଦ୍ରାପ୍ରାପ୍ତ ହୋଇଅଛନ୍ତି । ତତ୍ପରେ ସେ ଯାକୁବଙ୍କୁ, ଆଉ, ପରେ ସମସ୍ତ ପ୍ରେରିତଙ୍କୁ ଦର୍ଶନ ଦେଲେ। –୧ କରିନ୍ଥୀୟ ୧୫:୫-୭

ସେହିଦିନ, ଅର୍ଥାତ୍ ସପ୍ତାହର ପ୍ରଥମ ଦିନ ସନ୍ଧ୍ୟା ସମୟରେ ଯେତେବେଳେ ଶିଷ୍ୟମାନେ ଯେଉଁ ଗୃହରେ ଥିଲେ, ସେଥିର ଦ୍ୱାରଗୁଡ଼ିକ ଯିହୂଦୀମାନଙ୍କ ଭୟରେ ରୁଦ୍ଧ ଥିଲା, ସେତେବେଳେ ଯୀଶୁ ଆସି ମଧ୍ୟସ୍ଥଳରେ ଠିଆ ହୋଇ ସେମାନଙ୍କୁ କହିଲେ, ତୁମ୍ଭମାନଙ୍କର ଶାନ୍ତି ହେଉ । ପୁଣି, ଏହା କହି ସେ ସେମାନଙ୍କୁ ଆପଣା ହସ୍ତ ଓ କକ୍ଷଦେଶ ଦେଖାଇଲେ । ସେଥିରେ ଶିଷ୍ୟମାନେ ପ୍ରଭୁଙ୍କୁ ଦେଖି ଆନନ୍ଦିତ ହେଲେ । –ଯୋହନ ୨୦:୧୯-୨୦

ତାହାଙ୍କୁ ଈଶ୍ୱର ତୃତୀୟ ଦିବସରେ ଉଠାଇ ପ୍ରତ୍ୟକ୍ଷ ହେବାକୁ ଦେଲେ, ସମସ୍ତ ଲୋକଙ୍କର ପ୍ରତ୍ୟକ୍ଷ ହେବାକୁ ଦେଲେ ନାହିଁ, ମାତ୍ର ଈଶ୍ୱରଙ୍କ ଦ୍ୱାରା ପୂର୍ବନିରୂପିତ ସାକ୍ଷୀ ଯେ ଆମ୍ଭେମାନେ, ଆମ୍ଭମାନଙ୍କର ପ୍ରତ୍ୟକ୍ଷ ହେବାକୁ ଦେଲେ । ସେ ମୃତମାନଙ୍କ ମଧ୍ୟରୁ ଉତ୍‌ଥାନ କଲା ଉତ୍ତାରେ ଆମ୍ଭେମାନେ ତାହାଙ୍କ ସହିତ ଭୋଜନପାନ କଲୁ । –ପ୍ରେରିତ ୧୦:୪୦-୪୧

ଯୀଶୁ ସେମାନଙ୍କୁ ପୁନର୍ବାର କହିଲେ, ତୁମ୍ଭମାନଙ୍କର ଶାନ୍ତି ହେଉ, ପିତା ଯେପ୍ରକାରେ ମୋତେ ପ୍ରେରଣ କରିଅଛନ୍ତି, ମୁଁ ମଧ୍ୟ ସେପ୍ରକାରେ ତୁମ୍ଭମାନଙ୍କୁ ପ୍ରେରଣ କରୁଅଛି । ସେ ଏହା କହି ସେମାନଙ୍କ ଉପରେ ପ୍ରଶ୍ୱାସ ଛାଡ଼ି ସେମାନଙ୍କୁ କହିଲେ, ପବିତ୍ରଆତ୍ମାଙ୍କୁ ଗ୍ରହଣ କର । –ଯୋହନ ୨୦:୨୧–୨୨

ସ୍ୱର୍ଗ ଓ ପୃଥିବୀର ସମସ୍ତ ଅଧିକାର ମୋତେ ପ୍ରଦତ୍ତ ହୋଇଅଛି । ଅତଏବ, ତୁମ୍ଭେମାନେ ଯାଇ ସମସ୍ତ ଜାତିର ଲୋକଙ୍କୁ ପିତା, ପୁତ୍ର ଓ ପବିତ୍ରଆତ୍ମାଙ୍କ ନାମରେ ବାପ୍ତିସ୍ମ ଦେଇ... ଆଜ୍ଞାସବୁ ପାଳନ କରିବାକୁ ଶିକ୍ଷା ଦେଇ ସେମାନଙ୍କୁ ଶିଷ୍ୟ କର, ଆଉ ଦେଖ, ଯୁଗାନ୍ତ ପର୍ଯ୍ୟନ୍ତ ସଦାସର୍ବଦା ମୁଁ ତୁମ୍ଭମାନଙ୍କ ସଙ୍ଗେ ସଙ୍ଗେ ଅଛି । –ମାଥିଉ ୨୮:୧୮(ଖ)–୨୦

କିନ୍ତୁ ପବିତ୍ରଆତ୍ମା ତୁମ୍ଭମାନଙ୍କ ଉପରେ ଅବତୀର୍ଣ୍ଣ ହୁଅନ୍ତେ, ତୁମ୍ଭେମାନେ ଶକ୍ତିପ୍ରାପ୍ତ ହେବ, ଆଉ ଯିରୂଶାଲମ, ସମସ୍ତ ଯିହୁଦା ପ୍ରଦେଶ ଓ ଶମିରୋଣ, ପୁଣି ପୃଥିବୀର ପ୍ରାନ୍ତ ପର୍ଯ୍ୟନ୍ତ ସୁଦ୍ଧା ମୋହର ସାକ୍ଷୀ ହେବ ।

ସେ ଏହିସମସ୍ତ କଥା କହିବା ଉତ୍ତାରେ ସେମାନେ ଦେଖୁ ଦେଖୁ ସେ ଊର୍ଦ୍ଧ୍ୱକୁ ନୀତ ହେଲେ, ଆଉ ଖଣ୍ଡେ ମେଘ ତାହାଙ୍କୁ ସେମାନଙ୍କ ଦୃଷ୍ଟିଗୋଚରରୁ ଘେନିଗଲା । ସେ ଯାଉ ଯାଉ ସେମାନେ ଆକାଶ ଆଡ଼କୁ ଏକ ଦୃଷ୍ଟିରେ ଚାହିଁଅଛନ୍ତି, ଏପରି ସମୟରେ, ଦେଖ, ଶୁକ୍ଳବସ୍ତ୍ର ପରିହିତ ଦୁଇ ଜଣ ପୁରୁଷ ସେମାନଙ୍କ ନିକଟରେ ଉପସ୍ଥିତ ହେଲେ ।–ପ୍ରେରିତ ୧:୮–୧୦

ଏହିରୂପେ ପ୍ରଭୁ ଯୀଶୁ ସେମାନଙ୍କୁ କଥା କହିବା ପରେ ସ୍ୱର୍ଗରେ ଗୃହୀତ ହୋଇ ଈଶ୍ୱରଙ୍କ ଦକ୍ଷିଣ ପାର୍ଶ୍ୱରେ ବସିଲେ । କିନ୍ତୁ ସେମାନେ ପ୍ରସ୍ଥାନ କରି ସର୍ବତ୍ର ପ୍ରଚାର କଲେ, ଆଉ ପ୍ରଭୁ ସେମାନଙ୍କର ସହକର୍ମୀ ହୋଇ ଅନୁବର୍ତ୍ତୀ ଚିହ୍ନଗୁଡ଼ିକ ଦ୍ୱାରା ସେହି ବାକ୍ୟ ପ୍ରମାଣସିଦ୍ଧ କଲେ । –ମାର୍କ ୧୬:୧୯–୨୦

ଆଉ, ମୁଁ ପିତାଙ୍କୁ ଅନୁରୋଧ କରିବି, ପୁଣି ତୁମ୍ଭମାନଙ୍କ ସାଙ୍ଗରେ ଚିରକାଳ ରହିବା ନିମନ୍ତେ ସେ ତୁମ୍ଭମାନଙ୍କୁ ଆଉ ଜଣେ ସାହାଯ୍ୟକାରୀଙ୍କି, ଅର୍ଥାତ୍ ସେହି ସତ୍ୟମୟ ଆତ୍ମାଙ୍କୁ ଦେବେ । ଜଗତ ତାହାଙ୍କୁ ଗ୍ରହଣ କରି ପାରେ ନାହିଁ, କାରଣ ଜଗତ ତାହାଙ୍କୁ ଦେଖେ ନାହିଁ କିମ୍ବା ଜାଣେ ନାହିଁ, ତୁମ୍ଭେମାନେ ତାହାଙ୍କୁ ଜାଣ, କାରଣ ସେ ତୁମ୍ଭମାନଙ୍କ ସାଙ୍ଗରେ ଥାଆନ୍ତି, ପୁଣି ସେ ତୁମ୍ଭମାନଙ୍କ ଅନ୍ତରରେ ରହିବେ । ମୁଁ ତୁମ୍ଭମାନଙ୍କୁ ଅନାଥ କରି ଛାଡ଼ିଯିବି ନାହିଁ, ମୁଁ ତୁମ୍ଭମାନଙ୍କ ନିକଟକୁ ଆସୁଅଛି । –ଯୋହନ ୧୪:୧୬–୧୮

ପେଣ୍ଟିକଷ୍ଟ ଦିବସ ଉପସ୍ଥିତ ହୁଅନ୍ତେ, ସମସ୍ତେ ଏକ ସ୍ଥାନରେ ସମବେତ ଥିଲେ । ଆଉ, ପ୍ରବଳ ବେଗରେ ବହୁଥିବା ପ୍ରଚଣ୍ଡ ପବନର ଶବ୍ଦ ତୁଲ୍ୟ ଗୋଟିଏ ଶବ୍ଦ ଅକସ୍ମାତ୍ ଆକାଶରୁ ଆସି, ଯେଉଁ ଗୃହରେ ସେମାନେ ବସିଥିଲେ, ସେହି ଗୃହର ସର୍ବତ୍ର ବ୍ୟାପିଗଲା, ଆଉ ଅଗ୍ନିସଦୃଶ ଜିହ୍ୱାଗୁଡ଼ିକ ସେମାନଙ୍କ ଦୃଷ୍ଟିଗୋଚର ହୋଇ ଗୋଟି ଗୋଟି କରି ସେମାନଙ୍କ ପ୍ରତ୍ୟେକ ଜଣଙ୍କ ଉପରେ ଅଧିଷ୍ଠିତ ହେଲା । ସେଥିରେ ସମସ୍ତେ ପବିତ୍ରଆତ୍ମାରେ ପରିପୂର୍ଣ୍ଣ ହେଲେ, ପୁଣି, ଆତ୍ମା ସେମାନଙ୍କୁ ଯେପରି କହିବାକୁ ଶକ୍ତି ଦେଲେ, ତଦନୁସାରେ ସେମାନେ ଅନ୍ୟାନ୍ୟ ଭାଷାରେ କଥା କହିବାକୁ ଲାଗିଲେ ।

–ପ୍ରେରିତ ୨:୧–୪

ଏହି ଯୀଶୁଙ୍କୁ ଈଶ୍ୱର ଉଠାଇଅଛନ୍ତି, ସେ ବିଷୟରେ ଆମ୍ଭେମାନେ ସମସ୍ତେ ସାକ୍ଷୀ । ଅତଏବ, ସେ ଈଶ୍ୱରଙ୍କ ଦକ୍ଷିଣ ହସ୍ତ ଦ୍ୱାରା ଉନ୍ନତ ଓ ପିତାଙ୍କଠାରୁ ପ୍ରତିଜ୍ଞାତ ପବିତ୍ରଆତ୍ମା ପ୍ରାପ୍ତ ହୋଇ, ଏହି ଯାହା ଆପଣମାନେ ଦେଖୁଅଛନ୍ତି ଓ ଶୁଣୁଅଛନ୍ତି, ତାହା ସେ ବୃଷ୍ଟି କରିଅଛନ୍ତି ।

–ପ୍ରେରିତ ୨:୩୨–୩୩

ମୋʼଠାରେ ରୁହ, ସେଥିରେ ମୁଁ ତୁମ୍ଭମାନଙ୍କଠାରେ ରହିବି। ଶାଖା ଯେପରି ଦ୍ରାକ୍ଷାଲତାରେ ନ ରହିଲେ ନିଜରୁ ଫଳ ଫଳି ପାରେ ନାହିଁ, ସେହିପରି ତୁମ୍ଭେମାନେ ମଧ୍ୟ ମୋʼଠାରେ ନ ରହିଲେ ଫଳ ଫଳି ପାର ନାହିଁ । ମୁଁ ଦ୍ରାକ୍ଷାଲତା, ତୁମ୍ଭେମାନେ ଶାଖା, ଯେ ମୋʼଠାରେ ରହେ ଓ ମୁଁ ଯାହାଠାରେ ରହେ, ସେ ପ୍ରଚୁର ଫଳ ଫଳେ, କାରଣ ମୋʼ ବିନା ତୁମ୍ଭେମାନେ କିଛି କରି ପାର ନାହିଁ ।

–ଯୋହନ ୧୫:୪–୫

ମୁଁ ଖ୍ରୀଷ୍ଟଙ୍କ ସହିତ କ୍ରୁଶରେ ହତ ହୋଇଅଛି, ମୁଁ ଆଉ ଜୀବିତ ନୁହେଁ, ମାତ୍ର ଖ୍ରୀଷ୍ଟ ମୋଠାରେ ଜୀବିତ ଅଛନ୍ତି, ପୁଣି ମୁଁ ଶରୀରରେ ଥାଇ ବର୍ତ୍ତମାନ ଯେଉଁ ଜୀବନ ଯାପନ କରୁଅଛି, ତାହା ବିଶ୍ୱାସରେ, ଅର୍ଥାତ୍ ଈଶ୍ୱରଙ୍କ ଯେଉଁ ପୁତ୍ର ମୋତେ ପ୍ରେମ କରି ମୋʼ ନିମନ୍ତେ ଆପଣାକୁ ଉତ୍ସର୍ଗ କଲେ, ତାହାଙ୍କଠାରେ ବିଶ୍ୱାସ କରି ଯାପନ କରୁଅଛି ।

–ଗାଲାତୀୟ ୨:୨୦

ଯେପରି ସେ ଆପଣା ଗୌରବରୂପ ନିଧି ଅନୁସାରେ ଆପଣା ଆତ୍ମାଙ୍କ ଦ୍ୱାରା ତୁମ୍ଭମାନଙ୍କୁ ଆନ୍ତରିକ ପୁରୁଷରେ ଶକ୍ତି ପ୍ରାପ୍ତ ହୋଇ ବଳବାନ ହେବାକୁ ଦିଅନ୍ତି, ପୁଣି, ବିଶ୍ୱାସ ଦ୍ୱାରା ଖ୍ରୀଷ୍ଟ ତୁମ୍ଭମାନଙ୍କ ହୃଦୟରେ ବାସ କରନ୍ତି ।

–ଏଫିସୀୟ ୩:୧୬–୧୭

ଯେଉଁମାନେ ଶରୀରର ବଶରେ ଅଛନ୍ତି, ସେମାନେ ଈଶ୍ୱରଙ୍କର ସନ୍ତୋଷପାତ୍ର ହୋଇ ପାରନ୍ତି ନାହିଁ । କିନ୍ତୁ ଈଶ୍ୱରଙ୍କ ଆତ୍ମା ଯଦି ତୁମ୍ଭମାନଙ୍କଠାରେ ବାସ କରନ୍ତି, ତାହାହେଲେ ତୁମ୍ଭେମାନେ ଶରୀରର ବଶରେ ନାହଁ, ମାତ୍ର ଆତ୍ମାଙ୍କ ବଶରେ ଅଛ । ଯଦି କେହି ଖ୍ରୀଷ୍ଟଙ୍କ ଆତ୍ମା ପାଇ ନ ଥାଏ, ତେବେ ସେ ତାହାଙ୍କର ନୁହେଁ ।

–ରୋମୀୟ ୮:୮–୯

କିନ୍ତୁ ଦୂତମାନଙ୍କ ଅପେକ୍ଷା ଯେ ଅଳ୍ପ ସମୟ ନ୍ୟୁନୀକୃତ ହୋଇଥିଲେ, ତାହାଙ୍କୁ, ଅର୍ଥାତ୍ ଯୀଶୁଙ୍କୁ ମୃତ୍ୟୁର ଦୁଃଖଭୋଗ ହେତୁ ଗୌରବ ଓ ସମ୍ଭ୍ରମରୂପ ମୁକୁଟ ପରିଧାନ କରିଥିବାର ଦେଖୁଅଛୁ । –ଏବ୍ରୀ ୨:୯(କ)

ଯେଣୁ ଯେତେବେଳେ ମହା ଗୌରବ ମଧ୍ୟରୁ ତାହାଙ୍କ ପ୍ରତି ଏହି ବାଣୀ ହେଲା, ଏ ଆମ୍ଭର ପ୍ରିୟ ପୁତ୍ର, ଏହାଙ୍କଠାରେ ଆମ୍ଭର ପରମ ସନ୍ତୋଷ, ସେତେବେଳେ ସେ ପିତା ଈଶ୍ୱରଙ୍କଠାରୁ ସମ୍ଭ୍ରମ ଓ ଗୌରବ ପ୍ରାପ୍ତ ହେଲେ । ଆମ୍ଭେମାନେ ତାହାଙ୍କ ସହିତ ପବିତ୍ର ପର୍ବତରେ ଥିବାବେଳେ ନିଜେ ଆକାଶରୁ ନିର୍ଗତ ଏହି ବାଣୀ ଶୁଣିଲୁ ।

–୨ ପିତର ୧:୧୭-୧୮

ପୁଣି, ସେହି ପ୍ରଦୀପଗୁଡ଼ିକର ମଧ୍ୟସ୍ଥଳରେ ମନୁଷ୍ୟପୁତ୍ରଙ୍କ ସଦୃଶ ଜଣେ ବ୍ୟକ୍ତି, ସେ ପାଦ ପର୍ଯ୍ୟନ୍ତ ବସ୍ତ୍ରରେ ଆଚ୍ଛାଦିତ ଓ ବକ୍ଷସ୍ଥଳରେ ସୁବର୍ଣ୍ଣ ପଟୁକା ଦ୍ୱାରା ବେଷ୍ଟିତ, ତାହାଙ୍କ ମସ୍ତକ ଓ କେଶ ହିମତୁଲ୍ୟ ଶୁଭ୍ରଲୋମ ପରି ଶୁକ୍ଳବର୍ଣ୍ଣ, ଆଉ ତାହାଙ୍କ ଚକ୍ଷୁ ପ୍ରଜ୍ୱଳିତ ଅଗ୍ନିଶିଖା ସଦୃଶ, ତାହାଙ୍କ ପାଦ ଭାଟୀରେ ପରିଷ୍କୃତ ଉଜ୍ଜ୍ୱଳ ପିତ୍ତଳ ତୁଲ୍ୟ ଓ ତାହାଙ୍କ ସ୍ୱର ମହା ଜଳକଲ୍ଲୋଳର ସଦୃଶ ।

ସେ ଆପଣା ଦକ୍ଷିଣ ହସ୍ତରେ ସପ୍ତ ନକ୍ଷତ୍ର ଧାରଣ କରିଥିଲେ, ତାହାଙ୍କ ମୁଖରୁ ତୀକ୍ଷ୍ଣ ଦ୍ୱିଧାର ଖଡ଼୍‌ଗ ନିର୍ଗତ ହେଉଥିଲା, ଆଉ ତାହାଙ୍କ ମୁଖ ମଧ୍ୟାହ୍ନକାଳୀନ ସୂର୍ଯ୍ୟ ପରି ତେଜୋମୟ ଥିଲା ।

ତାହାଙ୍କୁ ଦେଖି ମୁଁ ମୃତ ପରି ତାହାଙ୍କ ପାଦ ତଳେ ପଡ଼ିଗଲି । ସେଥିରେ ସେ ମୋ ଉପରେ ଆପଣା ଦକ୍ଷିଣ ହସ୍ତ ଥୋଇ କହିଲେ, ଭୟ କର ନାହିଁ, ଆମ୍ଭେ ପ୍ରଥମ ଓ ଶେଷ । –ପ୍ରକାଶିତ ୧:୧୩-୧୮(କ)

ତୁମ୍ଭେ ଆପଣା ଆଦ୍ୟ ପ୍ରେମ ପରିତ୍ୟାଗ କରିଅଛ । ଏଣୁ କେଉଁଠାରୁ ତୁମ୍ଭର ପତନ ହୋଇଅଛି, ତାହା ସ୍ମରଣ କରି ମନଃପରିବର୍ତ୍ତନ କର ଓ ଆଦ୍ୟ କର୍ମସବୁ କର ।

–ପ୍ରକାଶିତ ୨:୪(ଖ)-୫(କ)

ଯେଉଁସବୁ ଦୁଃଖ ଭୋଗ କରିବାକୁ ଯାଉଅଛ, ସେହିସବୁକୁ ଭୟ କର ନାହିଁ, ଦେଖ, ତୁମ୍ଭମାନଙ୍କ ପରୀକ୍ଷା ନିମନ୍ତେ ଶୟତାନ ତୁମ୍ଭମାନଙ୍କ ମଧ୍ୟରୁ କାହାରିକାହାରିକୁ କାରାଗାରରେ ନିକ୍ଷେପ କରିବ, ଆଉ ତୁମ୍ଭେମାନେ ଦଶ ଦିନ କ୍ଳେଶ ଭୋଗ କରିବ । ତୁମ୍ଭେ ମରଣ ପର୍ଯ୍ୟନ୍ତ ବିଶ୍ୱସ୍ତ ଥାଅ, ସେଥିରେ ଆମ୍ଭେ ତୁମ୍ଭକୁ ଜୀବନରୂପ ମୁକୁଟ ଦେବୁ । –ପ୍ରକାଶିତ ୨:୧୦

ଯେ ଜୟ କରେ, ସେ ଏହି ପ୍ରକାରେ ଶୁକ୍ଳ ବସ୍ତ୍ର ପରିହିତ ହେବ, ଆଉ ଆମ୍ଭେ ଜୀବନପୁସ୍ତକରୁ ତାହାର ନାମ କୌଣସି ପ୍ରକାରେ ଲୋପ ନ କରି ଆମ୍ଭର ପିତା ଓ ତାହାଙ୍କ ଦୂତମାନଙ୍କ ସମ୍ମୁଖରେ ତାହାର ନାମ ସ୍ୱୀକାର କରିବୁ । –ପ୍ରକାଶିତ ୩:୫

ଦେଖ, ଆମ୍ଭେ ତୁମ୍ଭ ସମ୍ମୁଖରେ ଗୋଟିଏ ଦ୍ୱାର ଫିଟାଇଅଛୁ, କେହି ତାହା ବନ୍ଦ କରିପାରେ ନାହିଁ, କାରଣ ତୁମ୍ଭର ଶକ୍ତି ସାମାନ୍ୟ, ତଥାପି ତୁମ୍ଭେ ଆମ୍ଭର ବାକ୍ୟ ପାଳନ କରି ଆମ୍ଭର ନାମ ଅସ୍ୱୀକାର କରି ନାହଁ । –ପ୍ରକାଶିତ ୩:୮

ଆମ୍ଭେ ଯେତେ ଲୋକଙ୍କୁ ଭଲ ପାଉ, ସେମାନଙ୍କୁ ଅନୁଯୋଗ ଓ ଶାସନ କରିଥାଉ, ଅତଏବ ଉଦ୍‌ଯୋଗୀ ହୋଇ ମନଃପରିବର୍ତ୍ତନ କର । ଆମ୍ଭେ ଯେପରି ଜୟ କରି ଆମ୍ଭର ପିତାଙ୍କ ସହିତ ତାହାଙ୍କ ସିଂହାସନରେ ବସିଅଛୁ, ସେପରି ଯେ ଜୟ କରେ, ଆମ୍ଭେ ତାହାକୁ ଆମ୍ଭ ସହିତ ଆମ୍ଭର ସିଂହାସନରେ ବସିବାକୁ ଦେବୁ ।

–ପ୍ରକାଶିତ ୩:୧୯, ୨୧

ଅତଏବ ସ୍ୱର୍ଗସମୂହ ମଧ୍ୟ ଦେଇ ଗମନ କରିଅଛନ୍ତି ଯେ ଈଶ୍ୱରଙ୍କ ପୁତ୍ର ଯୀଶୁ, ସେ ଆମ୍ଭମାନଙ୍କର ପ୍ରଧାନ ମହାଯାଜକ ହେବାରୁ ଆସ, ଆମ୍ଭେମାନେ ଆମ୍ଭମାନଙ୍କ ବିଶ୍ୱାସମତକୁ ଦୃଢ଼ଭାବରେ ଧାରଣ କରୁ । କାରଣ ଯେ ଆମ୍ଭମାନଙ୍କ ଦୁର୍ବଳତାରେ ଆମ୍ଭମାନଙ୍କ ପ୍ରତି ସହାନୁଭୂତି ଦେଖାଇବାକୁ ଅସମର୍ଥ, ଆମ୍ଭମାନଙ୍କର ଏପରି ମହାଯାଜକ ନାହାନ୍ତି, ବରଂ ସେ ପାପରହିତ ହୋଇ ଆମ୍ଭମାନଙ୍କ ପରି ସର୍ବତୋଭାବେ ପରୀକ୍ଷିତ ହେଲେ । ଅତଏବ ଆସ, କୃପାପ୍ରାପ୍ତି ନିମନ୍ତେ ପୁଣି ଉପଯୁକ୍ତ ସମୟରେ ଉପକାରକ ଅନୁଗ୍ରହ ପାଇବା ନିମନ୍ତେ ଆମ୍ଭେମାନେ ସାହସରେ ଅନୁଗ୍ରହସିଂହାସନ ନିକଟକୁ ଯାଉ । –ଏବ୍ରୀ ୪:୧୪–୧୬

କିନ୍ତୁ ସେ ନିତ୍ୟସ୍ଥାୟୀ ହେବାରୁ ଅପରିବର୍ତ୍ତନୀୟ ଯାଜକତ୍ୱ ପ୍ରାପ୍ତ ହୋଇଅଛନ୍ତି । ଅତଏବ, ତାହାଙ୍କ ଦ୍ୱାରା ଯେଉଁମାନେ ଈଶ୍ୱରଙ୍କ ନିକଟବର୍ତ୍ତୀ ହୁଅନ୍ତି, ସେମାନଙ୍କୁ ସେ ସମ୍ପୂର୍ଣ୍ଣରୂପେ ପରିତ୍ରାଣ ଦେବାକୁ ସକ୍ଷମ ଅଟନ୍ତି, ଯେଣୁ ସେମାନଙ୍କ ନିମନ୍ତେ ନିବେଦନ କରିବା ପାଇଁ ସେ ନିତ୍ୟ ଜୀବିତ ।

–ଏବ୍ରୀ ୭:୨୪–୨୫

କାରଣ ସେ ନିଜେ କହିଅଛନ୍ତି, ''ଆମ୍ଭେ ତୁମ୍ଭକୁ କେବେହେଁ ଛାଡ଼ିବା ନାହିଁ, ଆମ୍ଭେ ତୁମ୍ଭକୁ କେବେହେଁ ପରିତ୍ୟାଗ କରିବା ନାହିଁ ।'' ଅତଏବ ଆମ୍ଭେମାନେ ସାହସପୂର୍ବକ କହିପାରୁ, ପ୍ରଭୁ ମୋହର ସହାୟ, ମୁଁ ଭୟ କରିବି ନାହିଁ, ମନୁଷ୍ୟ ମୋହର କଅଣ କରିବ ? –ଏବ୍ରୀ ୧୩:୫(ଖ)–୬

ଯୀଶୁ ଖ୍ରୀଷ୍ଟ କାଲି, ଆଜି ଓ ଚିରକାଳ ସମାନ ଅଟନ୍ତି ।

–ଏବ୍ରୀ ୧୩:୮

ପୁଣି, ମୁଁ ଯାଇ ତୁମ୍ଭମାନଙ୍କ ନିମନ୍ତେ ସ୍ଥାନ ପ୍ରସ୍ତୁତ କଲେ ପୁନର୍ବାର ଆସିବି, ଆଉ ମୁଁ ଯେଉଁ ସ୍ଥାନରେ ଥାଏ, ତୁମ୍ଭେମାନେ ମଧ୍ୟ ଯେପରି ସେହି ସ୍ଥାନରେ ରହିବ, ସେଥିନିମନ୍ତେ ତୁମ୍ଭମାନଙ୍କୁ ଆପଣା ନିକଟକୁ ଘେନିଯିବି ।

–ଯୋହନ ୧୪:୩

କାରଣ ପ୍ରଭୁ ଆପେ ଆଦେଶ ଦେଇ ପ୍ରଧାନ ଦୂତଙ୍କ ସ୍ୱର ଓ ଈଶ୍ୱରଙ୍କ ତୂରୀବାଦ୍ୟ ସହିତ ସ୍ୱର୍ଗରୁ ଅବତରଣ କରିବେ, ସେଥିରେ ଯେଉଁମାନେ ଖ୍ରୀଷ୍ଟଙ୍କଠାରେ ଥାଇ ମରିଅଛନ୍ତି, ସେମାନେ ପ୍ରଥମରେ ଉଠିବେ, ପରେ ଆମ୍ଭେମାନେ ଯେତେ ଲୋକ ଜୀବିତ ରହି ଅବଶିଷ୍ଟ ଥିବୁ, ପ୍ରଭୁଙ୍କ ସହିତ ସାକ୍ଷାତ୍ କରିବା ନିମନ୍ତେ ଆମ୍ଭେମାନେ ସେମାନଙ୍କ ସହ ମେଘମାଳାରେ ଶୂନ୍ୟମଣ୍ଡଳକୁ ନୀତ ହେବୁ, ଏହି ପ୍ରକାରେ ଆମ୍ଭେମାନେ ସର୍ବଦା ପ୍ରଭୁଙ୍କ ସହିତ ରହିବୁ ।

–୧ ଥେସଲନୀକୀୟ ୪:୧୬–୧୭

କାରଣ ବିଜୁଳି ଯେପରି ପୂର୍ବ ଦିଗରୁ ମାରି ପଶ୍ଚିମ ଦିଗ ପର୍ଯ୍ୟନ୍ତ ଦେଖାଯାଏ, ସେପରି ମନୁଷ୍ୟପୁତ୍ରଙ୍କର ଆଗମନ ହେବ । ସେତେବେଳେ ଆକାଶରେ ମନୁଷ୍ୟପୁତ୍ରଙ୍କର ଲକ୍ଷଣ ଦେଖାଯିବ, ପୁଣି ସେ ସମୟରେ ପୃଥିବୀର ସମସ୍ତ ଗୋଷ୍ଠୀ ବିଳାପ କରିବେ ଏବଂ ମନୁଷ୍ୟପୁତ୍ରଙ୍କୁ ମହାପରାକ୍ରମ ଓ ମହାମହିମା ସହ ଆକାଶର ମେଘମାଳାରେ ଆଗମନ କରିବା ଦେଖିବେ । ଆଉ, ସେ ମହାତୂରୀଧ୍ୱନି ସହିତ ଆପଣା ଦୂତମାନଙ୍କୁ ପ୍ରେରଣ କରିବେ ଏବଂ ସେମାନେ ଆକାଶର ଏକ ସୀମାରୁ ଅନ୍ୟ ସୀମା ପର୍ଯ୍ୟନ୍ତ ଚତୁର୍ଦ୍ଦିଗରୁ ତାହାଙ୍କର ମନୋନୀତ ଲୋକମାନଙ୍କୁ ଏକତ୍ର କରିବେ ।

–ମାଥିଉ ୨୪:୨୭, ୩୦–୩୧

ଈଶ୍ୱର ସେହି ଅଜ୍ଞାନତାର କାଳ ଉପେକ୍ଷା କରିଅଛନ୍ତି ସତ୍ୟ, କିନ୍ତୁ ଏବେ ସେ ସର୍ବତ୍ର ସମସ୍ତ ମନୁଷ୍ୟଙ୍କୁ ମନ ପରିବର୍ତ୍ତନ କରିବା ନିମନ୍ତେ ଜଣାନ୍ତି, କାରଣ ଯେଉଁଦିନ ସେ ଆପଣା ନିରୂପିତ ବ୍ୟକ୍ତିଙ୍କ ଦ୍ୱାରା ଧାର୍ମିକତାରେ ଜଗତର ବିଚାର କରିବେ, ଏହିପରି ଗୋଟିଏ ଦିନ ସ୍ଥିର କରିଅଛନ୍ତି, ଆଉ ତାହାଙ୍କୁ ମୃତମାନଙ୍କ ମଧ୍ୟରୁ ଉତ୍‌ଥାପନ କରି ଏ ବିଷୟରେ ସମସ୍ତଙ୍କ ନିକଟରେ ପ୍ରମାଣ ଦେଇଅଛନ୍ତି ।

–ପ୍ରେରିତ ୧୭:୩୦–୩୧

ସେଦିନ ଅନେକେ ମୋତେ  କହିବେ, ହେ ପ୍ରଭୁ, ହେ ପ୍ରଭୁ, ଆମ୍ଭେମାନେ କି ତୁମ୍ଭ ନାମରେ ଭାବବାଣୀ କହିଲୁ ନାହିଁ ? ପୁଣି, ତୁମ୍ଭ ନାମରେ କି ଭୂତମାନଙ୍କୁ ଛଡ଼ାଇଲୁ ନାହିଁ ? ଆଉ, ତୁମ୍ଭ ନାମରେ କି ଅନେକ ଶକ୍ତିର କାର୍ଯ୍ୟ କଲୁ ନାହିଁ ? ସେତେବେଳେ ମୁଁ ସେମାନଙ୍କୁ ସ୍ପଷ୍ଟ ରୂପେ କହିବି, ମୁଁ ତୁମ୍ଭମାନଙ୍କୁ କେବେ ହେଁ ଜାଣି ନାହିଁ । ହେ ଅଧର୍ମାଚାରୀମାନେ, ମୋ' ପାଖରୁ ଦୂର ହୁଅ ।

–ମାଥିଉ ୭:୨୨–୨୩

ପ୍ରଭୁଙ୍କ ଦିନ ଚୋରର ପରି ଉପସ୍ଥିତ ହେବ । ସେହିଦିନ ଆକାଶମଣ୍ଡଳ ମହାଶବ୍ଦ ସହ ଲୋପ ପାଇବ, ପୁଣି ମୌଳିକ ବସ୍ତୁସବୁ ପ୍ରଚଣ୍ଡ ଉତ୍ତାପରେ ତରଳିଯିବ ଏବଂ ପୃଥିବୀ ଓ ତନ୍ମଧ୍ୟସ୍ଥ ମନୁଷ୍ୟକୃତ ବସ୍ତୁସବୁ ଦଗ୍ଧ ହେବ । ଏହିସମସ୍ତ ବିଷୟ ଏହି ପ୍ରକାରେ ଲୁପ୍ତ ହେବାରୁ ଈଶ୍ୱରଙ୍କ ଯେଉଁ ଦିନରେ ଆକାଶମଣ୍ଡଳ ଜ୍ୱଳିଉଠି ଲୁପ୍ତ ହେବ ଓ ମୌଳିକ ବସ୍ତୁସବୁ ପ୍ରଚଣ୍ଡ ଉତ୍ତାପରେ ତରଳିଯିବ, ସେହି ଦିନର ଆଗମନର ଅପେକ୍ଷା କରି, ତାହା ଯେପରି ଶୀଘ୍ର ଆସିବ, ଏଥିପାଇଁ ତୁମ୍ଭମାନଙ୍କର କିପରି ସଦାଚାରୀ ଓ ଧର୍ମପରାୟଣ ହେବା ଉଚିତ୍ !

ଆମ୍ଭେମାନେ ତାହାଙ୍କ ପ୍ରତିଜ୍ଞାନୁସାରେ ଗୋଟିଏ ନୂତନ ଆକାଶମଣ୍ଡଳ ଓ ନୂତନ ପୃଥିବୀର ଅପେକ୍ଷାରେ ଅଛୁ, ଯାହା ଧାର୍ମିକତାର ଆବାସସ୍ଥଳ ହେବ ।  –୨ ପିତର ୩:୧୦–୧୩

ଏହି କାରଣରୁ ଈଶ୍ୱର ତାହାଙ୍କୁ ଅତିଶୟ ଉନ୍ନତ କରିଅଛନ୍ତି, ପୁଣି ସମସ୍ତ ନାମ ଅପେକ୍ଷା ସର୍ବୋତ୍କୃଷ୍ଟ ନାମ ତାହାଙ୍କୁ ପ୍ରଦାନ କରିଅଛନ୍ତି, ଯେପରି ସ୍ୱର୍ଗ, ମର୍ତ୍ତ୍ୟ ଓ ପାତାଳରେ ଥିବା ପ୍ରତ୍ୟେକ ଜାନୁ ଯୀଶୁଙ୍କ ନାମରେ ନତ ହେବ, ପୁଣି, ପିତା ଈଶ୍ୱରଙ୍କ ଗୌରବ ନିମନ୍ତେ ପ୍ରତ୍ୟେକ ଜିହ୍ୱା ଯୀଶୁ ଖ୍ରୀଷ୍ଟଙ୍କୁ ପ୍ରଭୁ ବୋଲି ସ୍ୱୀକାର କରିବ ।

–ଫିଲିପ୍ପୀୟ ୨:୯–୧୧

ମୁଁ ରାତ୍ରିକାଳର ଦର୍ଶନରେ ଦେଖିଲି, ଆଉ ଦେଖ, ମନୁଷ୍ୟପୁତ୍ର ନ୍ୟାୟ ଏକ ପୁରୁଷ ଆକାଶର ମେଘରେ ଆସିଲେ ଓ ସେ ଅନେକ କାଳର ସେହି ବୃଦ୍ଧଙ୍କ ନିକଟରେ ଉପସ୍ଥିତ ହୁଅନ୍ତେ, ସେମାନେ ତାହାଙ୍କ ଛାମୁକୁ ତାହାଙ୍କୁ ଆଣିଲେ । ପୁଣି, ସମୁଦାୟ ଗୋଷ୍ଠୀ, ଦେଶବାସୀ ଓ ଭାଷାବାଦୀମାନେ ଯେପରି ତାହାଙ୍କର ସେବା କରିବେ, ଏଥିପାଇଁ ତାହାଙ୍କୁ କର୍ତ୍ତୃତ୍ୱ, ମହିମା ଓ ରାଜ୍ୟ ଦତ୍ତ ହେଲା, ତାହାଙ୍କର କର୍ତ୍ତୃତ୍ୱ ଅନନ୍ତକାଳୀନ କର୍ତ୍ତୃତ୍ୱ, ତାହା ଲୁପ୍ତ ହେବ ନାହିଁ, ଆଉ ତାହାଙ୍କର ରାଜ୍ୟ ଅବିନାଶ୍ୟ ।

–ଦାନିୟେଲ ୭:୧୩–୧୪

ପରାକ୍ରମ, ଧନ, ଜ୍ଞାନ, ଶକ୍ତି, ସମ୍ଭ୍ରମ, ଗୌରବ ଓ ପ୍ରଶଂସା ଗ୍ରହଣ କରିବାକୁ ହତ ହୋଇଥିବା ମେଷଶାବକହିଁ ଯୋଗ୍ୟ ଅଟନ୍ତି ।

–ପ୍ରକାଶିତ ୫:୧୨

ସପ୍ତମ ଦୂତ ତୂରୀଧ୍ୱନି କରନ୍ତେ ସ୍ୱର୍ଗରେ ମହାଶବ୍ଦ ସହ ଏହି ବାଣୀ ହେଲା, ଜଗତ ଉପରେ ରାଜତ୍ୱ ଆମ୍ଭମାନଙ୍କ ପ୍ରଭୁଙ୍କର ଓ ତାହାଙ୍କ ଖ୍ରୀଷ୍ଟଙ୍କର ହସ୍ତଗତ ହୋଇଅଛି, ଆଉ ସେ ଯୁଗେ ଯୁଗେ ରାଜତ୍ୱ କରିବେ ।

–ପ୍ରକାଶିତ ୧୧:୧୫

# ଯୀଶୁ ଆପଣଙ୍କୁ ତାହାଙ୍କ ପାଖକୁ ଆସିବାକୁ ଚାହାଁନ୍ତି

ହେ ପରିଶ୍ରାନ୍ତ ଓ ଭାରଗ୍ରସ୍ତ ଲୋକ ସମସ୍ତେ, ମୋ’ ନିକଟକୁ ଆସ, ମୁଁ ତୁମ୍ଭମାନଙ୍କୁ ବିଶ୍ରାମ ଦେବି । ମୋହର ଜୁଆଳି ଆପଣା ଆପଣା ଉପରେ ଘେନ, ପୁଣି ମୋ’ ନିକଟରୁ ଶିଖ, କାରଣ ମୁଁ ମୃଦୁଶୀଳ ଓ ନମ୍ରଚିତ୍ତ, ଆଉ ତୁମ୍ଭେମାନେ ଆପଣା ଆପଣା ଆତ୍ମାରେ ବିଶ୍ରାମ ପାଇବ ।

–ମାଥିଉ ୧୧:୨୮–୨୯

ଦେଖ, ଆମ୍ଭେ ଦ୍ୱାର ନିକଟରେ ଠିଆ ହୋଇ ଆଘାତ କରୁଅଛୁ, ଯଦି କେହି ଆମ୍ଭର ସ୍ୱର ଶୁଣି ଦ୍ୱାର ଫିଟାଇ ଦେବ, ତାହାହେଲେ ଆମ୍ଭେ ପ୍ରବେଶ କରି ତାହା ନିକଟକୁ ଯିବୁ, ପୁଣି ଆମ୍ଭେ ତାହା ସହିତ ଭୋଜନ କରିବୁ ଓ ସେ ଆମ୍ଭ ସହିତ ଭୋଜନ କରିବ।

–ପ୍ରକାଶିତ ୩ :୨୦

ବିଳମ୍ବ ବୋଲି ଯେପରି କେତେକ ଭାବନ୍ତି, ପ୍ରଭୁ ଆପଣା ପ୍ରତିଜ୍ଞା ବିଷୟରେ ସେପରି ବିଳମ୍ବ କରନ୍ତି ନାହିଁ, କିନ୍ତୁ ଯେପରି କେହି ବିନଷ୍ଟ ନ ହୁଅନ୍ତି, ବରଂ ସମସ୍ତେ ମନ ପରିବର୍ତ୍ତନ କରନ୍ତି, ଏହା ଇଚ୍ଛା କରି ସେ ତୁମ୍ଭମାନଙ୍କ ପ୍ରତି ଦୀର୍ଘସହିଷ୍ଣୁ ଅଟନ୍ତି ।

–୨ ପିତର ୩:୯

ପିତା ଯେସମସ୍ତଙ୍କୁ ମୋତେ ଦାନ କରନ୍ତି, ସେମାନେ ମୋ’ ନିକଟକୁ ଆସିବେ, ଆଉ, ଯେ ମୋ’ ନିକଟକୁ ଆସେ, ତାହାକୁ ମୁଁ କୌଣସି ପ୍ରକାରେ ବାହାର କରିଦେବି ନାହିଁ ।

–ଯୋହନ ୬:୩୭

ଆଉ, ଏପରି ଘଟିବ ଯେ, ଯେକେହି ପ୍ରଭୁଙ୍କ ନାମରେ ପ୍ରାର୍ଥନା କରିବ, ସେ ପରିତ୍ରାଣ ପାଇବ । –ପ୍ରେରିତ ୨:୨୧

...ଦେଖ, ଏବେ ମହା ଅନୁଗ୍ରହର ସମୟ, ଏବେ ପରିତ୍ରାଣର ଦିନ । –୨ କରିନ୍ଥୀୟ ୬:୨(ଖ)

ଯେ ତୃଷାର୍ତ୍ତ, ସେ ଆସୁ, ଯେ ଇଚ୍ଛା କରେ, ସେ ବିନାମୂଲ୍ୟରେ ଜୀବନଦାୟକ ଜଳ ପାନ କରୁ । –ପ୍ରକାଶିତ ୨୨:୧୭ (ଖ)

# ଆପଣ ଯୀଶୁଙ୍କ ସହିତ କ'ଣ କରିବେ ?

ଯେ ପୁତ୍ରଙ୍କଠାରେ ବିଶ୍ୱାସ କରେ, ସେ ଅନନ୍ତ ଜୀବନ ପ୍ରାପ୍ତ ହୋଇଅଛି, ାତ୍ର ଯେ ପୁତ୍ରଙ୍କୁ ଅମାନ୍ୟ କରେ, ସେ ଜୀବନ ଦେଖିବ ନାହିଁ, କିନ୍ତୁ ସେ ଃଶ୍ୱରଙ୍କ କ୍ରୋଧର ପାତ୍ର ହୋଇ ରହିଥାଏ। –ଯୋହନ ୩:୩୬

ତେବେ ଏପରି ମହାପରିତ୍ରାଣ ଅବହେଳା କଲେ, ଆମ୍ଭେମାନେ କିପରି ଃକ୍ଷା ପାଇବା ? –ଏବ୍ରୀ ୨:୩ (କ)

ମାତ୍ର ଯେତେ ଲୋକ ତାହାଙ୍କୁ ଗ୍ରହଣ କଲେ, ଅର୍ଥାତ୍ ଯେଉଁମାନେ ାହାଙ୍କ ନାମରେ ବିଶ୍ୱାସ କଲେ, ସେସମସ୍ତଙ୍କୁ ସେ ଈଶ୍ୱରଙ୍କ ସନ୍ତାନ ହବା ନିମନ୍ତେ ଅଧିକାର ଦେଲେ । –ଯୋହନ ୧:୧୨

ଅତଏବ, ତୁମ୍ଭେମାନେ ସମସ୍ତ ଅଶୁଚିତା ଓ ସବୁପ୍ରକାର ଦୁଷ୍ଟତା ାରିତ୍ୟାଗ କରି, ଯେଉଁ ରୋପିତ ବାକ୍ୟ ତୁମ୍ଭମାନଙ୍କ ଆତ୍ମାକୁ ପରିତ୍ରାଣ ଂରିବା ନିମନ୍ତେ ସମର୍ଥ, ତାହା ନମ୍ରଭାବରେ ଗ୍ରହଣ କର । –ଯାକୁବ ୧:୨୧

ଯେଣୁ ତୁମ୍ଭେ ଯଦି ମୁଖରେ ଯୀଶୁଙ୍କୁ ପ୍ରଭୁ ବୋଲି ସ୍ୱୀକାର କରିବ, ଆଉ ଈଶ୍ୱର ତାହାଙ୍କୁ ମୃତମାନଙ୍କ ମଧ୍ୟରୁ ଉଠାଇଅଛନ୍ତି ବୋଲି ହୃଦୟରେ ବିଶ୍ୱାସ କରିବ, ତେବେ ପରିତ୍ରାଣ ପ୍ରାପ୍ତ ହେବ, କାରଣ ଧାର୍ମିକତାପ୍ରାପ୍ତି ନିମନ୍ତେ ମନୁଷ୍ୟ ହୃଦୟରେ ବିଶ୍ୱାସ କରେ ଓ ପରିତ୍ରାଣ ପ୍ରାପ୍ତି ନିମନ୍ତେ ମୁଖରେ ସ୍ୱୀକାର କରେ । –ରୋମୀୟ ୧୦:୯-୧୦

## ଏକ ଆଦର୍ଶ ପ୍ରାର୍ଥନା

ପ୍ରିୟ ପ୍ରଭୁ ଯୀଶୁ,

ମୋର ପାପସବୁ ବହି ନେବା ପାଇଁ କ୍ରୁଶରେ ମୃତ୍ୟୁବରଣ କରିଥିବାରୁ ତୁମକୁ ଧନ୍ୟବାଦ ଦେଉଛି । ମୁଁ ଯେତେ ମନ୍ଦ କାର୍ଯ୍ୟସବୁ କରିଛି, ସେଥିନିମନ୍ତେ ମୁଁ ଅତ୍ୟନ୍ତ ଦୁଃଖିତ । ମୋର ତ୍ରାଣକର୍ତ୍ତା ଓ ପ୍ରଭୁ ହେବା ନିମନ୍ତେ ମୁଁ ବର୍ତ୍ତମାନ ତୁମ୍ଭଙ୍କୁ ମୋ' ହୃଦୟରେ ଗ୍ରହଣ କରୁଛି । ତୁମ୍ଭେ ଯେଉଁ ପ୍ରତିଜ୍ଞା କରିଛ ଯେ ମୋତେ ତୁମ୍ଭେ ଈଶ୍ୱରଙ୍କ ସନ୍ତାନର ଅଧିକାର ଦେବ, ତାହା ମୁଁ ବିଶ୍ୱାସ କରୁଛି । ଆଉ ତୁମ୍ଭ ନିମନ୍ତେ ଜୀବନ ଧାରଣ କରିବାକୁ ପ୍ରତିଦିନ ତୁମେ ମୋତେ ବଳଶକ୍ତି ଦେବ ବୋଲି ମୁଁ ତୁମଠାରେ ଭରସା ରଖୁଛି ।ତୁମ୍ଭ ନାମରେ ମୁଁ ପ୍ରାର୍ଥନା କରୁଛି, ଆମେନ୍ ।

